୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.169 Bhubaneswar Saturday August 10 2024 | ୨୬ତମ ବର୍ଷ ସଂଖ୍ୟା-୧୬୯ ଭୁବନେଶ୍ୱର, ଶନିବାର, ଅଗଷ୍ଟ ୧୦, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS


## କ୍ରାନ୍ତି ଦିବସରେ ମୁଖ୍ୟମନ୍ତ୍ରୀଙ୍କ ବଡ ଘୋଷଣା: ସ୍ୱାଧୀନତା ସଂଗ୍ରାମୀଙ୍କ ପରିବାରକୁ ମିଳିବ ଭତ୍ତା, ଖୁବଶୀଘ୍ର ଆରମ୍ଭ ହେବ ଚିହ୍ନଟ ପ୍ରକ୍ରିୟା

ଭୁବନେଶ୍ୱର,୯।୮(ପି.ଏନ): କ୍ରାନ୍ତି ଦିବସ ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏକ ବଡ ଘୋଷଣା କରିଛନ୍ତି । ସ୍ୱାଧୀନତା ସଂଗ୍ରାମୀଙ୍କ ପରିବାରକୁ ମିଳିବ ଭତ୍ତା । ଖୁବଶୀଘ୍ର ସ୍ୱାଧୀନତା ସଂଗ୍ରାମୀଙ୍କ ପରିବାରକୁ ଚିହ୍ନଟ କରାଯିବ । 'କୁଟୁମ୍ବ ପେନସନ ଯୋଜନା'ରେ ଏହି ଭତ୍ତା ପ୍ରଦାନ କରାଯିବ ବୋଲି ଜଣାପଡିଛି । ସୂଚନାଯୋଗ୍ୟ ଯେ, ରାଜ୍ୟରେ ବିଜେପି ସରକାର ପ୍ରଥମ ଥର ପାଇଁ କ୍ଷମତାକୁ ଆସିବା ପରେ ରାଜ୍ୟ ସରକାର ନୂଆ ନୂଆ ପଦକ୍ଷେପ ଗ୍ରହଣ କରୁଛନ୍ତି । ଦୀର୍ଘବର୍ଷ ହେଲା ବନ୍ଦ ହୋଇ ରହିଥିବା ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ନିୟମିତ ଭାବେ ଅଭିଯୋଗ ଶୁଣାଣି କରୁଛନ୍ତି । ଏହି ଅବସରରେ ରାଜ୍ୟର ବିଭିନ୍ନ ଅଞ୍ଚଳର ଲୋକମାନେ ମୁଖ୍ୟମନ୍ତ୍ରୀଙ୍କୁ ନିଜର ସମସ୍ୟା ବିଷୟରେ ଜଣାଇବା ସହ ତା'ର ସମାଧାନ ପାଇ ପାରୁଛନ୍ତି ।ବର୍ତ୍ତମାନ ସମୟର ସବୁ




ସଫଳତା ଓ ସବୁ ଆନନ୍ଦ ପଛରେ ରହିଛି ଆମର ମହାନ ସ୍ୱାଧୀନତା ସଂଗ୍ରାମୀମାନଙ୍କର ଚରମ ତ୍ୟାଗ ଓ ବଳିଦାନ। ତେଣୁ ରାଜ୍ୟ ସରକାର ସ୍ୱାଧୀନତା ସଂଗ୍ରାମୀମାନଙ୍କର ପରିବାରକୁ ଚିହ୍ନଟ କରି ସେମାନଙ୍କୁ ପରିଚୟ ଦେବା ସହିତ ଉପଯୁକ୍ତ ସମ୍ମାନ ପ୍ରଦାନ କରାଯିବ । ଆଜି ରାଜ୍ୟ ସ୍ୱାଧୀନତା ସଂଗ୍ରାମୀ ସମିତି ପକ୍ଷରୁ ଆୟୋଜିତ କ୍ରାନ୍ତି ଦିବସ କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଏହା କହିଛନ୍ତି ।ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟ ସରକାର କୁଟୁମ୍ବ ଯୋଜନାରେ ସ୍ୱାଧୀନତା ସଂଗ୍ରାମୀମାନଙ୍କର ପରିବାରକୁ ପେନ୍‌ସନ୍ ପ୍ରଦାନ କରିବା ପାଇଁ ମଧ୍ୟ ବିଚାର କରୁଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ପ୍ରଥମେ ଶହୀଦ ସ୍ତମ୍ଭରେ ପୁଷ୍ପ ପ୍ରଦାନ କରି ଶହୀଦ ସଂଗ୍ରାମୀମାନଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ ଏବଂ ଉପସ୍ଥିତ ସ୍ୱାଧୀନତା ସଂଗ୍ରାମୀମାନଙ୍କର ପରିବାରର ସଦସ୍ୟମାନଙ୍କୁ ସମ୍ମାନିତ କରିଥିଲେ।


## ଯାଜପୁର ପାଇଁ ଏତେ ଅନୁକମ୍ପା କାହିଁକି ବବିଙ୍କ ନାଲି ଆଖିକୁ ଡର ନୁହେଁ ତ!

ଭୁବନେଶ୍ୱର,୯।୮(ପି.ଏନ): ଯାଜପୁର ପାଇଁ ବିଜେଡି ରାଜ୍ୟସଭା ସାଂସଦମାନଙ୍କର ଏତେ ଅନୁକମ୍ପା କାହିଁକି ସାଂସଦମାନେ ନିଜ ଇଛାରେ ଟଙ୍କା ଦେଇଛନ୍ତି ନା ବିଜେଡିର ତୃତୀୟ କ୍ଷମତା କେନ୍ଦ୍ର ଭାବେ ପରିଚିତ ପ୍ରଣବ ପ୍ରକାଶ ଦାସ ଓରଫ ବବିଙ୍କ ନାଲି ଆଖିକୁ ଡରି ଦେଇଥିଲେ ଏହାର ଉତ୍ତର କାହା ପାଖରେ ନଥିବା ବେଳେ ଚର୍ଚ୍ଚା ହେଉଛି ଯେ ପଦବୀ ଯିବା ଭୟରେ ସାଂସଦମାନେ ବବିଙ୍କ ଶରଣ ପଶିଥିଲେ। ଆଉ ନିଜର ହାତ ପାଣ୍ଠିକୁ ବବିଙ୍କ ଦରବାରରେ ଅର୍ପଣ କରୁଥିବା ଆଲୋଚନା ହେଉଛି। ଆର୍‌ଟିଆଇ ରିପୋର୍ଟରୁ ମିଳିଥିବା ତଥ୍ୟ ଅନୁସାରେ ୨୦୧୯-୨୪ ଆର୍ଥିକ ବର୍ଷରେ ୧୧ ଜଣ ରାଜ୍ୟସଭା ସାଂସଦ ଯାଜପୁର ଜିଲ୍ଲାକୁ ୧୪ କୋଟି ୮୨ ଲକ୍ଷ ୫୦ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ୧୧ ଜଣ ରାଜ୍ୟସଭା ସାଂସଦଙ୍କ ଭିତରୁ ୧୦ ଜଣ ଜିଲ୍ଲା ବାହାରର ସାଂସଦ। ତଥାପି ସେହି ଜିଲ୍ଲା ନଗଡା ପାଇଁ ଦେଶ ବିଦେଶରେ ଚର୍ଚ୍ଚାରେ ରହିଛି।୨୦୧୯ରୁ ୨୦୨୪ ମସିହା ପର୍ଯ୍ୟନ୍ତ ଯାଜପୁର ଜିଲ୍ଲାକୁ କେତେ ଜଣ ରାଜ୍ୟସଭା ସାଂସଦ କେତେ ଟଙ୍କା ଦେଇଛନ୍ତି ତାହାର ତଥ୍ୟ ମାଗିଥିଲେ ଜଣେ ଆର୍‌ଟିଆଇ କର୍ମୀ। ତାହାର ଉତ୍ତର ଏମିତି



ଆସିଥିଲା।ରାୟଗଡା ଜିଲ୍ଲାର ମୂଳବାସିନ୍ଦା ହେଉଛନ୍ତି ଭାସ୍କର ରାଓ। ଆଦିବାସୀ ଅଧ୍ୟୁସିତ ଏହି ଜିଲ୍ଲାର ଭୋକର ଚିତ୍ର ପ୍ରତିଦିନ ଗଣମାଧ୍ୟମରେ ପ୍ରକାଶ ପାଉଛି। ହେଲେ ଏହି ଜିଲ୍ଲାରୁ ରାଜ୍ୟସଭାକୁ ଯାଇଥିବା ପାୱାରଫୁଲ୍? ବିଜେଡି ନେତା ଭାସ୍କର ରାଓ ୨୦୧୯-୨୦ ଆର୍ଥିକ ବର୍ଷରେ ଯାଜପୁରକୁ ଦେଇଛନ୍ତି ୩୩ ଲକ୍ଷ ଟଙ୍କା। ଏହି ଅର୍ଥରେ ଯାଜପୁର ଓ ବିଞ୍ଝାରପୁର ବ୍ଲକରେ ୪ଟି ପ୍ରକଳ୍ପ ହୋଇଛି। ସେମିତି ଆଉ ଜଣେ ରାଜ୍ୟସଭା ସାଂସଦ ହେଉଛନ୍ତି ଡକ୍ଟର ସସ୍ମିତ ପାତ୍ର। ତାଙ୍କ ଘର କନ୍ଧମାଳ ଜିଲ୍ଲାରେ। ଏହି ଜିଲ୍ଲା ଦାରିଦ୍ର୍ୟ ଯନ୍ତ୍ରଣାରେ ଜର୍ଜରିତ। ତଥାପି ଏହି ଜିଲ୍ଲାରୁ ରାଜଧାନୀକୁ ଆସିଥିବା ଡକ୍ଟର ପାତ୍ର ୨୦୧୯-୨୦ ଓ ୨୩-୨୪ ଆର୍ଥିକ ବର୍ଷରେ ଦେଇଛନ୍ତି ୫୦୨.୫୦ ଲକ୍ଷ ଟଙ୍କା। ତାଙ୍କର ଏହି ଅର୍ଥରେ ଯାଜପୁର ଓ ଦଶରଥପୁର ବ୍ଲକରେ ହୋଇଛି ୩୬ଟି ପ୍ରକଳ୍ପ।

## ବ୍ରିଜ୍ ଉପରେ ଆଧାରକାର୍ଡ ରଖି କାଠଯୋଡିକୁ ଡେଇଁ ପଡିଲେ ଦମ୍ପତି



ଭୁବନେଶ୍ୱର,୯।୮(ପି.ଏନ): ବ୍ରିଜ୍ ଉପରେ ଆଧାରକାର୍ଡ ରଖି କାଠଯୋଡିକୁ ଡେଇଁପଡିଲେ ଦମ୍ପତି। ଆଜି ସନ୍ଧ୍ୟା ବେଳେ ଏପରି ହୃଦୟବିଦାରକ ଘଟଣା କଟକ ତ୍ରିଶୁଳିଆ ବ୍ରିଜ୍‌ରେ ଘଟିଛି। ଉଭୟଙ୍କ ଘର ବାଙ୍କୀ ବାଆଁରା ରାମଚନ୍ଦ୍ର ଅଞ୍ଚଳର। ପାରିବାରିକ କଳହରୁ ଉଭୟ ଭରା ନଦୀକୁ ଡେଇଁ ପଡିଥିବା ଜଣାପଡିଛି। ଖବର ପାଇଁ ଘଟଣାସ୍ଥଳରେ ପହଞ୍ଚିଛି ବାରଙ୍ଗ ପୁଲିସ୍ ଅଗ୍ନିଶମ ବିଭାଗ।

## ପାଣ୍ଡିଆନ୍‌ଙ୍କ ହେଲିକପ୍ଟର ଗସ୍ତକୁ ନେଇ ଏମିତି କହିଲେ ପରିବହନ ମନ୍ତ୍ରୀ

ଭୁବନେଶ୍ୱର,୯।୮(ପି.ଏନ):୨୦୨୪ ସାଧାରଣ ନିର୍ବାଚନ ବେଳେ ଓ ତା'ପୂର୍ବରୁ ହେଲିକପ୍ଟରରେ ଜିଲ୍ଲାରୁ ଜିଲ୍ଲା ଘନଘନ ବୁଲୁଥିଲେ ଭି.କେ ପାଣ୍ଡିଆନ। ଆଉ ଲୋକଙ୍କ ସହିତ ସେଲ୍‌ଫି ଉଠାଉଥିଲେ ଓ ଅଭିଯୋଗ ସଂଗ୍ରହ କରୁଥିଲେ। ଏଥିପାଇଁ କେତେ ଟଙ୍କା ଖର୍ଚ୍ଚ ହୋଇଛି ତାହାର ତଥ୍ୟ ମାଗି ମାଗି ହାଲିଆ ହେଲେଣି ଆରଟିଆଇ କର୍ମୀ। ହେଲେ ଏହାରି ଭିତରେ ଆଜି ପରିବହନ ମନ୍ତ୍ରୀ ବିଭୂତି ଜେନା ଦେଇଛନ୍ତି ବଡ ବୟାନ। ସେ କହିଛନ୍ତି, ରାଜକୋଷ ଲୁଣ୍ଠନ ଆଦୌ ଗ୍ରହଣୀୟ ନୁହେଁ।୨୦୨୩ ଫେବୃଆରୀ ୨୦୨୦ରୁ ଡିସେମ୍ବର ପର୍ଯ୍ୟନ୍ତ



ଭି.କେ ପାଣ୍ଡିଆନ୍ କେତେବେଳେ ଫାଇଭ୍-ଟି ସଚିବ ତ ଆଉ କେତେବେଳେ ଫାଇଭ-ଟି ଅଧ୍ୟକ୍ଷ ନାଁରେ ହେଲିକପ୍ଟରରେ ଜିଲ୍ଲାରୁ ଜିଲ୍ଲା ବୁଲୁଥିଲେ। ଆଉ ଲୋକଙ୍କଠାରୁ ଅଭିଯୋଗପତ୍ର ସଂଗ୍ରହ କରୁଥିଲେ। ସେତେବେଳେ ପାଣ୍ଡିଆନ୍‌ଙ୍କ ହେଲିକପଟର ଉଡାଣ ବାବଦକୁ କେତେ ଖର୍ଚ୍ଚ ହୋଇଥିଲା ତାହାର ହିସାବ ଜାଣିବାକୁ ଚାହୁଁଥିଲେ ଓଡିଶାର ଜନତା। ଏବେ ତା'ର ହିସାବ ଖୋଜୁଛନ୍ତି ନୂଆ ବିଜେପି ସରକାର।

## ବାଂଲାଦେଶରେ ଥିବା ଭାରତୀୟ ଓ ସଂଖ୍ୟାଲଘୁଙ୍କ ସୁରକ୍ଷା ନିଶ୍ଚିତ କରିବାକୁ ଭାରତ ଗଠନ କଲା କମିଟି

ଭୁବନେଶ୍ୱର,୯।୮(ପି.ଏନ): ସଂରକ୍ଷଣ ବ୍ୟବସ୍ଥାକୁ ନେଇ ଅଶାନ୍ତ ହୋଇପଡିଥିବା ବାଂଲାଦେଶରେ ସଂଖ୍ୟାଲଘୁମାନଙ୍କୁ ଆକ୍ରମଣ କରାଯାଉଥିବା କଥା ସାମ୍ନାକୁ ଆସିବା ପରେ ଭାରତ ସରକାର ଏକ କମିଟି ଗଠନ କରିଛନ୍ତି। ବାଂଲାଦେଶର ସ୍ଥିତି ଉପରେ ନଜର ରଖିବା ପାଇଁ ଏହି କମିଟି ଗଠନ କରାଯାଇଛି। ତା'ସହିତ ବାଂଲାଦେଶରେ ବସବାସ କରୁଥିବା ଭାରତୀୟ ଓ ସଂଖ୍ୟାଲଘୁଙ୍କର ସୁରକ୍ଷାକୁ ସୁନିଶ୍ଚିତ କରିବ ଏହି କମିଟି। କେନ୍ଦ୍ର ସରକାରଙ୍କ ପକ୍ଷରୁ କୁହାଯାଇଛି ଯେ



ଭାରତ-ବାଂଲାଦେଶ ସୀମା (IBB)ର ସ୍ଥିତି ଉପରେ ନଜର ରଖିବା ପାଇଁ ଏକ କମିଟି ଗଠନ କରାଯାଇଛି। ଏହି କମିଟି ବାଂଲାଦେଶରେ ଥିବା ସେମାନଙ୍କ ପ୍ରତିପକ୍ଷ କର୍ତ୍ତୃପକ୍ଷଙ୍କ ସହିତ ଯୋଗାଯୋଗ ରକ୍ଷା କରି ସେଠାରେ ବସବାସ କରୁଥିବା ଭାରତୀୟ ଓ ସଂଖ୍ୟାଲଘୁ ସଂପ୍ରଦାୟର ଲୋକଙ୍କ ସୁରକ୍ଷାକୁ ସୁନିଶ୍ଚିତ କରିବ। ସରକାରଙ୍କ ପକ୍ଷରୁ ଗଠିତ କମିଟିର ନେତୃତ୍ୱ ନେବେ ବିଏସ୍‌ଏଫ୍‌ର ଇର୍ଷ୍ଟନ କମାଣ୍ଡର ଏଡିଜି।

## ସ୍କୁଲରେ 'ଗୁଡ୍ ମର୍ଣ୍ଣିଂ' ବଦଳରେ ପିଲା କହିବେ 'ଜୟ ହିନ୍ଦ', ଅଗଷ୍ଟ ୧୫ରୁ ନିୟମ ଲାଗୁ



ଭୁବନେଶ୍ୱର,୯।୮(ପି.ଏନ): ଅଗଷ୍ଟ ୧୫ରୁ ରାଜ୍ୟର ସମସ୍ତ ସ୍କୁଲରେ 'ଗୁଡ୍ ମର୍ଣ୍ଣିଂ' ବଦଳରେ ପିଲାମାନେ 'ଜୟ ହିନ୍ଦ' କହିବେ। ଏନେଇ ସରକାର ଏକ ଚିଠି ଜାରି କରି ସମସ୍ତ ସ୍କୁଲମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ପିଲାମାନଙ୍କ ମନରେ ଦେଶପ୍ରେମ ଜାଗ୍ରତ କରିବା ଉଦ୍ଦେଶ୍ୟରେ ଏପରି ପଦକ୍ଷେପ ନେବାକୁ ଯାଉଛନ୍ତି ହରିଆଣା ସରକାର।ଏହି ପଦକ୍ଷେପ ମାଧ୍ୟମରେ ଛାତ୍ରଛାତ୍ରୀଙ୍କ ଭିତରେ ଦେଶଭକ୍ତି ଏବଂ ଜାତୀୟତାବାଦର ଭାବନା ସୃଷ୍ଟି କରିବାକୁ ଲକ୍ଷ୍ୟ ରଖା ଯାଇଥିବା ସ୍କୁଲ ଶିକ୍ଷା ବିଭାଗ ପକ୍ଷରୁ ଜାରି କରିଥିବା ଚିଠିରେ ଉଲ୍ଲେଖ କରିଛି।

## ଝିଅଙ୍କ ଆଇନଗତ ବିବାହ ବୟସ ୧୮ରୁ ୯କୁ ହ୍ରାସ କରିବାକୁ ପ୍ରସ୍ତାବ, ତେଜିଲା ବିବାଦ



ଭୁବନେଶ୍ୱର,୯।୮(ପି.ଏନ): ବିବାହ ପାଇଁ ଝିଅମାନଙ୍କ ଆଇନଗତ ବୟସ ୧୮ ବର୍ଷରୁ ୯ ବର୍ଷକୁ ହ୍ରାସ କରିବାକୁ ପ୍ରସ୍ତାବ ଦିଆଯାଇଛି। ସଂସଦରେ ଏହି ବିଲ୍ ଆଗତ ହେବା ପରେ ବ୍ୟାପକ ଉତ୍ତେଜନା ଦେଖାଯାଇଛି। କିଛି ସଂଗଠନ ଏବଂ ମହିଳାମାନେ ଏହାକୁ ତୀବ୍ର ବିରୋଧ କରିଛନ୍ତି।ଏପରି ଏକ ଖବର ଇରାକରୁ ଆସିଛି। ସୂଚନା ଅନୁସାରେ, ଇରାକ ସଂସଦରେ ମହିଳାମାନଙ୍କ ବାହାଘର ପାଇଁ ଆଇନଗତ ବୟସ ୯ ରଖିବାକୁ ଇରାକ ନ୍ୟାୟ ମନ୍ତ୍ରଣାଳୟ ପ୍ରସ୍ତାବ ଦେଇଛି। ପୂର୍ବରୁ ବିବାହ ପାଇଁ ଥିବା ଆଇନଗତ ନିୟମରେ ସଂଶୋଧନ ଆଣି ଝିଅମାନଙ୍କ ବୟସ ୯ ରଖିବାକୁ ଦାବ କରାଯାଇଛି। ଯଦି ଏହ ବିଲ୍ ପାରିତ ହୁଏ ତେବେ ଦେଶରେ ୯ ବର୍ଷର ଝିଅ ଏବଂ ୧୫ ବର୍ଷର ପୁଅ ବିବାହ କରିପାରିବେ। ଏପରି ହେଲେ ବାଲ୍ୟ ବିବାହ, ଶୋଷଣ ବୃଦ୍ଧି, ଛାଡ଼ପତ୍ର, ପାରିବାରିକ ହିଂସା ଆଦି ବୃଦ୍ଧି ପାଇବ ବୋଲି ବୁଦ୍ଧିଜୀବୀମାନେ ଆଶଙ୍କା କରୁଛନ୍ତି।

## ହିଜାବ ବ୍ୟାନ ପ୍ରସଙ୍ଗ: ଝିଅମାନଙ୍କୁ ବିନ୍ଦି-ତିଲକ ଲଗାଇବାକୁ ବ୍ୟାନ କରିବେ କି ?

ଭୁବନେଶ୍ୱର,୯।୮(ପି.ଏନ): କଲେଜରେ ହିଜାବ ବ୍ୟାନ ପ୍ରସଙ୍ଗ ଉପରେ ଗୁରୁତ୍ୱପୂର୍ଣ୍ଣ ଟିପ୍ପଣୀ ଦେଇଛନ୍ତି ସୁପ୍ରିମକୋର୍ଟ। ମୁମ୍ବାଇର ଏକ କଲେଜରେ ମୁସଲିମ ଝିଅମାନଙ୍କୁ ହିଜାବ ପିନ୍ଧି ଆସିବାକୁ ବାରଣ କରାଯିବାକୁ ନେଇ ସୁପ୍ରିମକୋର୍ଟ କହିଛନ୍ତି, ସ୍ୱାଧୀନତାର ଏତେ ବର୍ଷ ପରେ ମଧ୍ୟ ଏପରି ନିଷେଧାଦେଶ ଲାଗୁ ହେବା ଦୁର୍ଭାଗ୍ୟଜନକ।ଝିଅମାନଙ୍କୁ ସେମାନେ କଣ ପିନ୍ଧିବେ କହି କିପରି ସେମାନଙ୍କୁ ସଶକ୍ତକରଣ କରୁଥିଲେ ବୋଲି କଲେଜ କର୍ତ୍ତୃପକ୍ଷଙ୍କୁ ପ୍ରଶ୍ନ କରିଛନ୍ତି ସର୍ବୋଚ୍ଚ ଅଦାଲତ। ଏଥିସହ ଅଦାଲତ କହିଛନ୍ତି, କଲେଜକୁ ଝିଅମାନେ ହିଜାବ, କ୍ୟାପ୍, ଷ୍ଟଲ୍ ଇତ୍ୟାଦି ପିନ୍ଧି ଆସିପାରିବେ, ଏହି ଆଦେଶର ଅପବ୍ୟବହାର ହୋଇପାରିବ ନାହିଁ। ସୂଚନା ଅନୁସାରେ, ମୁମ୍ବାଇର ଚେମ୍ବୁର ସ୍ଥିତ ଏନଜି ଆଚାର୍ଯ୍ୟ ଓ ଡିକେ ମରାଠୀ କଲେଜରେ ଝିଅମାନଙ୍କୁ ବୁର୍କା, ହିଜାବ, ନିକାବ, କ୍ୟାପ୍ ଏବଂ ଷ୍ଟଲ୍ ପିନ୍ଧି ଆସିବାକୁ ବାରଣ କରାଯାଇଥିଲା। ଏହାକୁ ନେଇ ୯ ଜଣ ଛାତ୍ରୀ ବମ୍ବେ



ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ସେଠାରେ ଆବେଦନ ଖାରଜ ହୋଇଯିବା ପରେ ସୁପ୍ରିମକୋର୍ଟରେ ଆବେଦନ କରିଥିଲେ।ଆଜି ସର୍ବୋଚ୍ଚ ଅଦାଲତର ଜଷ୍ଟିସ ସଞ୍ଜିବ ଖାନ୍ନା ଏବଂ ପିଭି ସଞ୍ଜୟ କୁମାର ଶୁଣାଣି କରି କଲେଜ ଆଦେଶକୁ ଖାରଜ କରି ଦେଇଛନ୍ତି। ଏଥିସହ ଝିଅମାନଙ୍କୁ ବୁର୍କା, ହିଜାବ, ନିକାବ, କ୍ୟାପ୍ ଏବଂ ଷ୍ଟଲ୍ ଆଦି ପିନ୍ଧି ଆସିବାକୁ ଅନୁମତି ଦେଇଛନ୍ତି। ଏହି ମାମଲାର ଶୁଣାଣି ସମୟରେ କଲେଜ ପକ୍ଷରୁ ହାଜର ହୋଇଥିବା ବରିଷ୍ଠ ଓକିଲ ମାଧବୀ ଦିଭାନ କହିଥିଲେ, ଯଦି ଝିଅମାନଙ୍କୁ ବୁର୍କା ପିନ୍ଧିବାକୁ ଅନୁମତି ଦିଆଯାଏ, ତେବେ ଅନ୍ୟ ଛାତ୍ରୀମାନେ ଗେରୁଆ ଚାଦର ପିନ୍ଧି ଆସିବେ, ଯାହା ରାଜନୈତିକ ଦୃଷ୍ଟିକୋଣ ସୃଷ୍ଟି କରିପାରେ। ଏହା ନ ଘଟୁ ବୋଲି କଲେଜ ଏପରି ନିୟମ ଆଣିବାକୁ ଚାହୁଁଛି।

## ବିଜେଡି ବିଧାୟକଙ୍କ ମିଛ ଧରିଲା ବିଜେପି; ପ୍ରମାଣ ଦେଇ ହିସାବ ମାଗିଲା

ଭୁବନେଶ୍ୱର,୯।୮(ପି.ଏନ): ବିଜେଡି ବିଧାୟକ ଗୌତମବୁଦ୍ଧ ଦାସଙ୍କ ଅଭିଯୋଗ ମିଛ ବୋଲି ପ୍ରମାଣିତ କଲା ବିଜେପି। ଖାଲି ପ୍ରମାଣିତ କଲାନି, ବରଂ ମନ୍ଦିର ନିର୍ମାଣ ପାଇଁ ଆସିଥିବା ଟଙ୍କାର ହିସାବ ମାଗିଲା। ଯାହାକୁ ନେଇ ବାଲେଶ୍ୱର ଜିଲ୍ଲାରେ ଆରୋପ ପ୍ରତ୍ୟାରୋପ ରାଜନୀତି ଜୋର ଧରିଛି।ବଙ୍ଗୋପାସାଗର କୂଳର କୁମ୍ଭୀରଗଡି ଗାଁରେ ବିଜେ କରିଛନ୍ତି ବାବା ଭୁଷଣ୍ଡେଶ୍ୱର ମହାଦେବ। ବାବାଙ୍କ ଶିବଲିଙ୍ଗ ଏସିଆ ମହାଦେଶର ସର୍ବ ବୃହତ ଶିବଲିଙ୍ଗ ବୋଲି ଚର୍ଚ୍ଚା ହେଉଛି। ଉତ୍ତର ଓଡିଶାର ଅନ୍ୟତମ ଶୈବପୀଠ ଭାବେ ବେଶ୍ ପରିଚିତ। ୧୦ ବର୍ଷ ତଳେ ମନ୍ଦିର ଭାଙ୍ଗି ଯାଇଥିବାରୁ ବାବା





ଏକ ଟିଣ ଘର ଭିତରେ ପୂଜା ପାଉଛନ୍ତି। ତେଣୁ ପୂର୍ବ ବିଜେଡି ସରକାର ବାବା ଭୁଷଣ୍‌ଡେଶ୍ୱର ମହାଦେବଙ୍କ ମନ୍ଦିର ପାଇଁ ୩ କୋଟି ଓ ଉଦୟପୁର ଗଙ୍ଗାମାତା ମନ୍ଦିର ସୌନ୍ଦର୍ଯ୍ୟକରଣ ପାଇଁ କୋଟିଏ ଟଙ୍କା ଦେବାକୁ ଘୋଷଣା କରିଥିଲା।୨୦୨୩ ଜୁନ୍ ୨୩ ତାରିଖରେ ୫-T ସଚିବ ଭି.କେ. ପାଣ୍ଡିଆନ ଭୋଗରାଇ ଗସ୍ତରେ କରିଥିଲେ। ସେତେବେଳେ ଏସିଆ ମହାଦେଶର ସର୍ବ ବୃହତ ଶିବଲିଙ୍ଗ ବାବା ଭୂଷଣ୍ଡେଶ୍ୱରଙ୍କ ମନ୍ଦିର ପୀଠ ପାଇଁ ୩ କୋଟି ଓ ଉଦୟପୁର ଗଙ୍ଗାମାତା ମନ୍ଦିରର ସୌନ୍ଦର୍ଯ୍ୟକରଣ କରିବାକୁ କୋଟିଏ ଟଙ୍କା ଦିଆଯିବ ବୋଲି ପାଣ୍ଡିଆନ୍ ଘୋଷଣା କରିଥିଲେ। ତା'ପରେ ଆସି ଯାଇଥିଲା ନିର୍ବାଚନ ଋତୁ। ଇତି ମଧ୍ୟରେ ନିର୍ବାଚନ ସରି ନିର୍ବାଚନ ଆଚରଣବିଧି ଉଠିଲାଣି। ହେଲେ ଏହି ଦୁଇ ମନ୍ଦିରର ନିର୍ମାଣ କାର୍ଯ୍ୟ ଆଗେଇ ପାରୁନାହିଁ। ଯାହାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି।

## ବଢ଼ିଲା ବନ୍ୟା ଜଳସ୍ତର: ହୀରାକୁଦରେ ଖୋଲିଲା ଆଉ ୬ଟି ଗେଟ୍

ଭୁବନେଶ୍ୱର,୯।୮(ପି.ଏନ): ଉପରମୁଣ୍ଡରେ ପ୍ରବଳ ବର୍ଷା ହେବା ଫଳରେ ହୀରାକୁଦ ଜଳଭଣ୍ଡାର ଜଳସ୍ତର ବୃଦ୍ଧି ପାଇଥିଲା । ସେଥିପାଇଁ ଡ୍ୟାମର ଆଉ ୬ଟି ଗେଟକୁ ଖୋଲାଯାଇଛି । ବର୍ତ୍ତମାନ ମୋଟ ୧୪ଟି ଗେଟ ଦେଇ ବନ୍ୟାଜଳ ନିଷ୍କାସିତ ହେଉଛି । ଜଳ ଭଣ୍ଡାରରୁ ଜଳ ଛଡାଯିବା ପରେ ଏବେ ମହାନଦୀରେ ଜଳସ୍ତର ବୃଦ୍ଧି ପାଇଛି । କଟକର ମୁଣ୍ଡଳୀ ଠାରେ ୫.୭୮ ଲକ୍ଷ କ୍ୟୁସେକ ବନ୍ୟାଜଳ ନିଷ୍କାସିତ ହେଉଛି । ଏପରି ସ୍ଥିତିରେ ତଳିଆ ଅଞ୍ଚଳରେ ବନ୍ୟା ଆଶଙ୍କା ବ?ିଯାଇଛି ।ପରିସ୍ଥିତିକୁ ଦୃଷ୍ଟିରେ ରଖି ୧୦ଟି ଜିଲ୍ଲାର ଜିଲ୍ଲାପାଳମାନଙ୍କୁ ସତର୍କ ରହିବାକୁ



ନିର୍ଦ୍ଦେଶ ଦେଇଛନ୍ତି ସ୍ୱତନ୍ତ୍ର ରିଲିଫ କମିଶନର (ଏସଆରସି) । ସମ୍ବଲପୁର, ନୟାଗଡ, ଅନୁଗୁଳ, ବୌଦ୍ଧ, ପୁରୀ, ଖୋର୍ଦ୍ଧା, କଟକ, ଜଗତସିଂହପୁର, ସୋନପୁର ଓ କେନ୍ଦ୍ରାପଡା ଆଦି ଜିଲ୍ଲାର ତଳିଆ ଅଞ୍ଚଳରେ ରହୁଥିବା ଲୋକଙ୍କୁ ସତର୍କ କରିବାକୁ ଜିଲ୍ଲାପାଳମାନଙ୍କୁ କୁହାଯାଇଛି । ସୂଚନାଯୋଗ୍ୟ ଯେ, ଏହା ପୂର୍ବରୁ ବନ୍ୟା ଜଳ ସ୍ତର ବୃଦ୍ଧି ହେବା ଫଳରେ ୮ଟି ଗେଟ୍ ଖୋଲାଯାଇଥିଲା । ଏବେ ଜଳଭଣ୍ଡାରରେ ଜଳସ୍ତର ବୃଦ୍ଧି ପାଇ ୬୧୧.୬୭ ଫୁଟରେ ପହଞ୍ଚିଥିବା ଡ୍ୟାମ୍ କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି ।








# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ଷ୍ଟୁଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ

ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ୍ୟ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତ୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତ୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତ୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ



ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତ୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

# କୁକୁର ପେଟରେ ଅଜବ ଖାଦ୍ୟ

ଆମେରିକାର ପେଙ୍ଗିସିଲବେନିଆ ପ୍ରାନ୍ତର ଏକ ଭାଗରେ ଜଣେ ବ୍ୟକ୍ତି ୮ବର୍ଷ ପର୍ଯ୍ୟନ୍ତ ଲେବ୍ରାଡୋର ନାମକ ଏକ କୁକୁରକୁ ଘରେ ପାଳୁଥିଲେ । ହଠାତ୍ କୁକୁରର ଶରୀର ଅସୁସ୍ଥ ହେବାରୁ ଔଷଧ କିଣି ଖୁଆଇଥିଲେ । କିନ୍ତୁ ଲେବ୍ରାଡୋରର ଅବସ୍ଥାରେ ସୁଧାର ଆସିନଥିଲା । କୁକୁରଟି ପେଟ ଯନ୍ତ୍ରଣାରେ ବହୁତ କଷ୍ଟ ପାଇବାରୁ କୁକୁରର ମାଲିକ ଡାକ୍ତରଖାନା ନେଇଯାଇଥିଲେ । ଡାକ୍ତରଖାନାରେ



କୁକୁର ପେଟ ଏକ୍ସରେ ହେବା ଫଳରେ ସମସ୍ତ କଥା ପଦାକୁ ଆସିଯାଇଥିଲା । ପ୍ରକୃତରେ କୁକୁରଟିର ପେଟରେ ଯନ୍ତ୍ରଣା ହେବାର କାରଣ ହେଉଛି, ତା'ର ପେଟରେ କେତେକ ଅଖାଦ୍ୟ ରହିଥିଲା । ପେଟରୁ ୬୨ଟି ମୁଣ୍ଡ, କେଶ ବନ୍ଧା ବ୍ୟାଣ୍ଡ ଓ ୮ଟି ଅନ୍ତଃବସ୍ତ୍ର ବାହାରିଥିଲା । ଯାହାକୁ ସେ ଖାଇ ଦେଇଥିଲା । ଦୀର୍ଘ ଦୁଇ ଘଂଟାର ଅସ୍ତ୍ରୋପଚାର କରି କୁକୁରର ପେଟରୁ ଏସବୁ ଅଖାଦ୍ୟ ବାହାର କରାଯାଇଥିଲା ।

# ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା

ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର



ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡ଼ିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡ଼ିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ୍ୟ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

# ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡ଼ି ଚଢ଼ିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡ଼ିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ସ୍ୱାଧୀନତା ସଂଗ୍ରାମର ପିତାମହ-ତିଳକ

ଇଂରେଜ ଶାସନର ରଥଚକ ତଳେ ଭାରତୀୟ ଅର୍ଥନୀତି, ରାଜନୀତି ଓ ସାଂସ୍କୃତିକ ଜୀବନ ଦୟନୀୟ ଅବସ୍ଥାରେ ଥିଲାବେଳେ, କାଳଜୟୀ, ଯଶସ୍ୱୀ, ପ୍ରଜ୍ଞାପୁରୁଷ, ନିର୍ଭିକ ସାମ୍ବାଦିକ, ପ୍ରବୀଣ ରାଜନୀତିଜ୍ଞ, ସତ୍ୟନିଷ୍ଠ ଦେଶପ୍ରେମୀ, ପରମ ପୂଜ୍ୟ, ଦୀନ ଦୁର୍ବଳର ବନ୍ଧୁ ଭାରତୀୟ ସଂସ୍କୃତିର ପୁରୋଧା ଓ ସ୍ୱାଧୀନତାର ପଥପ୍ରଦର୍ଶକ କେଶବ (ବାଲ୍) ଗଙ୍ଗାଧର ତିଳକ ପୁଣ୍ୟାତ୍ମା ଗଙ୍ଗାଧର ତିଳକ (ପନ୍ଥ) ଓ ପାର୍ବତୀ ବାଇଙ୍କ କୋଳମଣ୍ଡନ କରି ୧୮୫୬ ମସିହା ଜୁଲାଇ ୨୩ ତାରିଖରେ ମହାରାଷ୍ଟ୍ରର ରତ୍ନଗିରି ସହରରେ ଚିତପାବନ ବ୍ରାହ୍ମଣ ପରିବାରରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ପ୍ରଥମେ କେଶବ ନାମ ଥିଲା। ପରେ ବାଲ୍ ଡାକ ନାମରେ ତିଳକ ପରିଚିତ ହେଲେ। ପିତାମହ ରାମଚନ୍ଦ୍ରଙ୍କଠାରୁ ବାଲ୍ ଗଙ୍ଗାଧର ୧୮୫୭ର ମହାନ୍ ବିପ୍ଳବ ବିଷୟରେ ଶୁଣିଥିଲେ। ଏହି ଘଟଣା ତାଙ୍କ ଉପରେ ପ୍ରଭାବ ପକାଇଥିଲା। ପିତାମହ ସଂସାର ପରିତ୍ୟାଗ କରି ସନ୍ନ୍ୟାସ ଗ୍ରହଣ କରିବାରୁ ଗଙ୍ଗାଧରଙ୍କ ଉତରୋତର ଶିକ୍ଷା ସମ୍ଭବ ହେଲାନାହିଁ। ତେଣୁ ସେ ମରାଠୀ ବିଦ୍ୟାଳୟରେ ଶିକ୍ଷକତା କରିବା ସମୟରେ ସଂସ୍କୃତ ଶାସ୍ତ୍ର ଅଧ୍ୟୟନ କରି ପାରଦର୍ଶିତା ଲାଭ କଲେ। ଚିପଲୁଙ୍କର ନିବନ୍ଧମାଳାକୁ ତିଳକ ପୂର୍ଣ୍ଣସମର୍ଥନ କରିବାରୁ ଜାତୀୟତା ମନୋଭାବ ବିକଶିତ ହେଲା। ୧୮୭୬-୭୭ରେ ଦାକ୍ଷିଣାତ୍ୟ ଅଂଚଳର ଘୋର ଦୁର୍ଭିକ୍ଷ ବାଳ ଗଙ୍ଗାଧରଙ୍କୁ ପ୍ରଭାବିତ କରିଥିଲା। ମାତୃଭୂମିର ସ୍ୱାଭିମାନ କେବଳ ଶିକ୍ଷା ମାଧ୍ୟମରେ ସୁରକ୍ଷିତ ହୋଇପାରିବାର ଅନୁଭବ ତିଳକ ହିଁ କରିପାରିଥିଲେ। ତେଣୁ ସେ ସାର୍ବଜନୀନ କାକା ଶ୍ରୀ ଗଣେଶ ବାସୁଦେବ ଯୋଷୀଙ୍କ ଦ୍ୱାରା ବିଶେଷ ପ୍ରଭାବିତ ହୋଇଥିଲେ। ଗୋପାଳ ଅଗରକର ଓ ତିଳକ ଦୁଇ ବନ୍ଧୁ ଦେଶବାସୀଙ୍କ ହିତ ପାଇଁ ଜୀବନ ଉତ୍ସର୍ଗ କରିବାକୁ ସଂକଳ୍ପବଦ୍ଧ ଥିଲେ। ତେଣୁ ଦୁଇ ବନ୍ଧୁ ଧାର୍ମିକ, ସାମାଜିକ ଓ ରାଜନୈତିକ ସଂଗଠନଗୁଡ଼ିକରେ ସକ୍ରିୟ ସଂପର୍କ ରକ୍ଷାକରିଥିଲେ। ଅଗରକର ଡେକାନ୍ କଲେଜରୁ ଏମ୍.ଏ. ଓ ତିଳକ ବମ୍ବେ ବିଶ୍ୱବିଦ୍ୟାଳୟରୁ ଆଇନ୍ ଡିଗ୍ରୀ ହାସଲ କରି ଦେଶସେବା ପାଇଁ ନିଜକୁ ସଂପୂର୍ଣ୍ଣ ପ୍ରସ୍ତୁତ କରିପାରିଥିଲେ। ଚିପଲୁ, ଅଗରକର ଓ ତିଳକ ଚିନ୍ତା କଲେ ଶିକ୍ଷା ବିନା ଭାରତରେ ଜନବିପ୍ଳବ ସମ୍ଭବ ନୁହେଁ। ତେଣୁ ସେମାନେ ୧୮୮୦ ସାଲ ଜାନୁୟାରୀ ୧ ତାରିଖରେ ନିଉ ଇଂଲିଶ ସ୍କୁଲ୍ ନାମକ ଶିକ୍ଷାନୁଷ୍ଠାନ ସ୍ଥାପନ କଲେ। ବିଦ୍ୟାଳୟ ପରିଦର୍ଶନରେ ହଂଟର ସାହେବ ଯେଉଁ ମନ୍ତବ୍ୟ ଦେଲେ ତାହା ଅତ୍ୟନ୍ତ ଉତ୍ସାହଜନକ ଥିଲା। ତେଣୁ ପ୍ରତିଷ୍ଠାତାମାନେ ଉଚ୍ଚଶିକ୍ଷାର ଅଧିକ ପ୍ରସାର କରିବାକୁ ଆଗଭର ହେଲେ। ଡେକାନ୍ ଶିକ୍ଷା ସମିତି ଆନୁକୂଲ୍ୟରେ ନିଉ ଇଂଲିଶ ସ୍କୁଲ୍ ଓ ଫର୍ଗୁସନ କଲେଜ ମହାରାଷ୍ଟ୍ରର ଉଚ୍ଚଶିକ୍ଷା କ୍ଷେତ୍ରରେ ବିଶେଷ ମହତ୍ୱପୂର୍ଣ୍ଣ ଥିଲା। ସମିତି ସଭ୍ୟମାନଙ୍କ ସହିତ ବିତର୍କ ଓ ମତାନ୍ତର ଯୋଗୁଁ ତିଳକ ଇସ୍ତଫା ଦେଇଥିଲେ।

ପରାଧୀନ ଭାରତୀୟ ଜନସାଧାରଣଙ୍କର ଆଭିମୁଖ୍ୟ ଓ ମତକୁ ସରକାରଙ୍କ ପାଖରେ ଉପସ୍ଥାପନ କରିବା ପାଇଁ, ତିଳକ ୧୮୮୧ ରେ ମରାଠୀ ସମ୍ବାଦ ପତ୍ର 'କେଶରୀ' ଓ ଇଂରାଜୀ ସମ୍ବାଦପତ୍ର 'ଦି ମରାଠା' ଉଭୟ ସାପ୍ତାହିକ ପତ୍ରିକା ପ୍ରକାଶ କରିଥିଲେ। କେଶରୀର ସମ୍ପାଦକ ଥିଲେ ଅଗରକର ଓ ଦି ମରାଠାର ସମ୍ପାଦକ ଦାୟିତ୍ୱ ତିଳକ ସ୍ୱୟଂ ଗ୍ରହଣ କରିଥିଲେ। ଉଭୟ ପତ୍ରିକା ମରାଠାମାନଙ୍କ ଭିତରେ ଜାତୀୟ ଚେତନା ଓ ରାଜନୀତିକ ଜାଗୃତି ସୃଷ୍ଟି କରିବାରେ ସଫଳ ହୋଇଥିଲା। ତିଳକ ଜାତୀୟ ଜନଜୀବନର ସମସ୍ୟାମାନ ଉପସ୍ଥାପନ କରି ମରାଠୀ ସାହିତ୍ୟର ଉନ୍ନତି ଓ ବିକାଶରେ ମଧ୍ୟ ସହାୟକ ହୋଇଥିଲେ। ଅଗରକର ସମ୍ପାଦକ ପଦରୁ ଓହରିଯିବାରୁ ତିଳକ ଉଭୟ ପତ୍ରିକାର ସମ୍ପାଦକ ଦାୟିତ୍ୱ ଗ୍ରହଣ କରିଥିଲେ।

ପାଶ୍ଚାତ୍ୟ ସଭ୍ୟତାର ଅନ୍ଧାନୁକରଣକୁ ତିଳକ ପସନ୍ଦ କରୁ ନଥିଲେ। ପ୍ରାଚୀନ ଭାରତୀୟ ସଂସ୍କୃତିକୁ ପ୍ରଚଳନ ଓ ନାରୀଶିକ୍ଷା ଉପରେ ତିଳକ ଗୁରୁତ୍ୱ ଦେଉଥିଲେ। ବିବାହ ପାଇଁ ବାଳିକାଙ୍କ ବୟସ ୧୬ ବର୍ଷ ଓ ବାଳକଙ୍କ ବୟସ ୨୧ ବର୍ଷ ଉଚିତ ମନେକରିଥିଲେ। ୪୦ ବର୍ଷ ପରେ ପୁରୁଷ ଦ୍ୱିତୀୟ ବିବାହ କରିବା ଅନୁଚିତ। ଯଦି ସେ ପୁନଃବିବାହ ଚାହାନ୍ତି, ତେବେ ସେ କୌଣସି ବିଧବାକୁ ପତ୍ନୀ ରୂପେ ଗ୍ରହଣ କରିବା ଉଚିତ ହେବ। ତିଳକ ନିଜେ ଅସ୍ପୃଶ୍ୟତାର ବିରୋଧୀ ଥିଲେ। ହିନ୍ଦୁଧର୍ମର ମହତ୍ୱକୁ ସେ ଅତି ଗର୍ବର ସହିତ ପ୍ରଚାର କରୁଥିଲେ। ସରକାରୀ ଆଇନ ଦ୍ୱାରା ସମାଜ ସଂସ୍କାର ପରବର୍ତ୍ତନକୁ ତିଳକ ବିରୋଧ କରୁଥିଲେ। ସାର୍ବଜନୀନ ସଭାର ନୂତନ ସଂପାଦକ ରୂପେ ଗୋପାଳକୃଷ୍ଣ ଗୋଖଲେ ମନୋନୀତ ହେଲେ। ଏହି ନିଯୁକ୍ତିର ବୈଧତା ଉପରେ ତିଳକ ପ୍ରଶ୍ନ କରିବାରୁ ବିବାଦ ଉପୁଜିଲା । ତେଣୁ ତିଳକ ଡେକାନ ସୋସାଇଟିରୁ ଇସ୍ତଫା ଦେଲେ।

୧୮୮୫ ଡିସେମ୍ବର ୨୮ରେ ବମ୍ବେରେ ଥିବା ତେଜପାଲ ସଂସ୍କୃତ ମହାବିଦ୍ୟାଳୟରେ ରାଷ୍ଟ୍ରୀୟ କଂଗ୍ରେସର ସ୍ଥାପନା ହେଲା। ବମ୍ବେ ପ୍ରଦେଶ ଶାଖାର ବାର୍ଷିକ ଅଧିବେଶନରେ ତିଳକ ଅଂଶଗ୍ରହଣ କରି ମରାଠୀଭାଷୀ ଜନସାଧାରଣଙ୍କ ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିଥିଲେ। ଇଂରେଜ ସରକାରଙ୍କ 'ଡିଭାଇଡ୍ ଆଣ୍ଡ ରୁଲ' ନୀତି ଯୋଗୁଁ ବମ୍ବେ ଓ ପୁନେରେ ସାଂପ୍ରଦାୟିକ ଦଙ୍ଗା ଘଟି ନିରୀହ ଜନତାର ପ୍ରାଣହାନୀ ଘଟିଲା। ତିଳକ କଠୋର ଭାବରେ ସମାଲୋଚନା କରି ଇଂରେଜମାନଙ୍କର ଚକ୍ଷୁଶୂଳ ହେଲେ। ସାର୍ ଚିରୋଲ୍ 'ଇଣ୍ଡିଆନ୍ ଅନରେଷ୍ଟି' ନାମକ ପୁସ୍ତକରେ ତିଳକଙ୍କୁ ସାଂପ୍ରଦାୟିକତା ପୋଷକରେ ଅଭିଯୁକ୍ତ କରିଥିଲେ। ତାହା ଥିଲା ଦୁର୍ଭାଗ୍ୟଜନକ। ତିଳକ ଗଣପତି ଉତ୍ସବ ଓ ଶିବାଜି ଉତ୍ସବ ମାଧ୍ୟମରେ ମହାରାଷ୍ଟ୍ରକୁ ଏକତ୍ରିତ କରିବାରେ ସଫଳ ହୋଇଥିଲେ।

୧୮୯୧ରେ 'ଆର୍ମସ୍ ଆକ୍ଟ' ଉପରେ ପ୍ରସ୍ତାବ ରଖି ଯେଉଁ ଭାଷଣ ଦେଲେ, ତାହା ତାଙ୍କୁ ସର୍ବଭାରତୀୟ ନେତା ରୂପେ ମାନ୍ୟତା ଦେଇଥିଲା। ୧୮୯୪ରେ ତିଳକ ବମ୍ବେ ବିଶ୍ୱବିଦ୍ୟାଳୟରେ ସିନେଟ୍‌ର ଫେଲୋ ମନୋନୀତ ହେଲେ। ତା' ପରବର୍ଷ ପୁନା ନଗରପାଳିକାର ପରିଷଦ ପଦପାଇଁ ନିର୍ବାଚିତ ହୋଇ କାର୍ଯ୍ୟକାରୀ ପରିଷଦର ସଦସ୍ୟ ହୋଇଥିଲେ। ୧୮୯୫ ମସିହାରେ ବିଧାନ ପରିଷଦର ସଦସ୍ୟ ପଦରେ ନିର୍ବାଚିତ ହେଲେ। ରାଷ୍ଟ୍ରୀୟ କଂଗ୍ରେସର ପ୍ରମୁଖ ନେତା ଥିଲେ ଆଲାନ୍ ଅକ୍ଟାଭିୟାନ୍ ହ୍ୟୁମ୍, ତାଙ୍କୁ ପୂର୍ଣ୍ଣ ସମର୍ଥନ ଦେଇଥିଲେ କିନ୍ତୁ ଇଂଲଣ୍ଡରେ ବିଶ୍ୱାସଘାତକ ବୋଲି ଚିତ୍ରିତ ହେଲେ।

୧୮୯୬-୯୭ରେ ଏକ ଭୟଙ୍କର ଦୁର୍ଭିକ୍ଷ ମହାରାଷ୍ଟ୍ରରେ ଦେଖାଦେଲା। ତିଳକ ବିଭିନ୍ନ ଗ୍ରାମ ଓ ଜିଲ୍ଲାମାନ ଗସ୍ତ କରି ରିଲିଫ୍ ଓ ଆର୍ଥିକ ସାହାଯ୍ୟ ଦେବା ଆରମ୍ଭ କରିଦେଲେ। ଦୁର୍ଭିକ୍ଷ ସହିତ ପ୍ଲେଗ୍ ମହାମାରୀ ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଲା। ୧୮୯୭ ମାର୍ଚ୍ଚରେ ଏକ କମିଟି ଗଠନ ହେଲା। ତାହାର ଅଧ୍ୟକ୍ଷ ଭାବେ ରେଣ୍ଡ ନିଯୁକ୍ତ ହେଲେ। ଏହି କମିଟି ଲୋକମାନଙ୍କର କିଛି କାମରେ ଲାଗିଲା ନାହିଁ। ତିଳକ ନିଜ ପକ୍ଷରୁ ସ୍ୱେଚ୍ଛାସେବୀ କେନ୍ଦ୍ରମାନ ସ୍ଥାପନ କରିଥିଲେ। ଏହି ସ୍ୱେଚ୍ଛାସେବୀମାନେ ପ୍ରତିଷେଧକ ବ୍ୟବସ୍ଥା ଅନୁସରଣ କରିବା ସହିତ ଲୋକମାନଙ୍କୁ ଆତଙ୍କିତ ନହେବା ପାଇଁ ପରାମର୍ଶ କାର୍ଯ୍ୟରେ ଲାଗିପଡ଼ିଲେ। ୧୮୯୭ ଜୁନ୍ ୨୨ ମଧ୍ୟରାତ୍ରରେ ପୁନାସ୍ଥ ଗଭର୍ଣ୍ଣର ହାଉସରୁ ଏକ ରାତ୍ରିଭୋଜନ ସାରି ତିଳକ ସ୍ୱଗୃହକୁ ଫେରିବା ସମୟରେ ଅଜଣା ଦୁର୍ବୃତ୍ତମାନେ ରେଣ୍ଡ ସାହେବ ଓ ତାଙ୍କ ଅଙ୍ଗରକ୍ଷୀ ଲେଫ୍ଟନାଂଟ ଆୟରଷ୍ଟଙ୍କୁ ହତ୍ୟା କରିଦେଲେ। ଏହି ଘଟଣାରେ ଦାମୋଦର ଚିପଲୁ ଫାଶୀଦଣ୍ଡ ପାଇଥିଲେ। ତିଳକ ନିର୍ଦ୍ଦୋଷ ଥିଲେ ମଧ୍ୟ ପିଙ୍ଗଲ କୋଡ୍‌ର ୧୨୪ (କ) ଧାରାରେ ଅଭିଯୁକ୍ତ ହେଲେ। ତାଙ୍କୁ ୧୮ ମାସ ସଶ୍ରମ କାରାଦଣ୍ଡ ଆଦେଶ ଦିଆଗଲା। ଭାରତୀୟ ନେତାମାନେ ଆପତ୍ତି ଉଠାଇଲେ। ସାଂସଦ ଉଇଲିୟମ୍ ହଂଟର ଓ ପ୍ରଫେସର୍ ମ୍ୟାକସ୍ ମୁଲ୍ଲର ଇଂରେଜ ସରକାରଙ୍କ ଉପରେ ଚାପ ପକାଇବାରୁ ୧୮୯୮ ସେପ୍ଟେମ୍ବର ୭ରେ ତିଳକ ଜେଲରୁ ମୁକ୍ତ ହେଲେ। ଏହାପରେ ସେ ଲୋକମାନ୍ୟ ତିଳକ ନାମରେ ଅଭିହିତ ହୋଇ ସାରା ଭାରତର ପ୍ରିୟନେତା ଭାବରେ ସ୍ୱୀକୃତିଲାଭ କଲେ। ପୁନା ଜେଲରେ ବୈଦିକ ଆର୍ଯ୍ୟ ସଭ୍ୟତା ଅଧ୍ୟୟନ କରି 'ଦି ଆର୍କଟିକ୍ ହୋମ୍ ଇନ୍ ଦି ବେଦସ୍' ପ୍ରକାଶ କରିଥିଲେ।

୧୯୦୬ କଲିକତା କଂଗ୍ରେସ୍ ଅଧିବେଶନରେ ପ୍ରାୟ ଦୁଇହଜାର ପ୍ରତିନିଧି ଓ ୧୦ ହଜାର ଦୈନିକ ଉପସ୍ଥାନରୁ କମ୍ ନଥିଲା। ପ୍ରଥମ ଥର ପାଇଁ ଏହି ଅଧିବେଶନରେ କଂଗ୍ରେସ ସ୍ୱରାଜ ଦାବି କରିବା ଏକ ଗୁରୁତ୍ୱପୂର୍ଣ୍ଣ ବିଷୟ ଥିଲା। ଚରମପନ୍ଥୀ ଓ ନରମପନ୍ଥୀ ଗୋଷ୍ଠୀବିବାଦ ଯୋଗୁ ତିଳକ ୧୯୦୭ ଜାନୁଆରୀ ୨ ତାରିଖରେ କଲିକତାରେ କହିଥିଲେ, ଆଜି ଯିଏ ଚରମପନ୍ଥୀ କାଲି ହୁଏତ ନରମପନ୍ଥୀ ହୋଇପାରେ। ତୁମେ ଯଦି ସ୍ୱାଧୀନ ହେବାକୁ ଚାହଁ, ସ୍ୱାଧୀନ ହୋଇପାରିବ, ନଚେତ ସବୁଦିନ ପାଇଁ ପରାଧୀନ ରହିବ। ତୁମେ ଅସ୍ତ୍ରଧାରଣ କରିବାକୁ ସମର୍ଥ ନୁହଁ। ତେବେ ଇଂରେଜ ସରକାର ବିରୁଦ୍ଧରେ ଅହିଂସାତ୍ମକ ଅସହଯୋଗ ଆନ୍ଦୋଳନ ତ କରିପାରିବ! ବିଦେଶୀ ପଦାର୍ଥ, ଅନୁଷ୍ଠାନ ଓ କରକୁ ବର୍ଜନ କର, ଐକ୍ୟବଦ୍ଧ ହୋଇ କରିପାରିବ ତ' କାଲି ତୁମେ ସ୍ୱାଧୀନ ହେବ। କଲିକତା ଅଧିବେଶନରେ ବଙ୍କିମଚନ୍ଦ୍ରଙ୍କର 'ବନ୍ଦେ ମାତରମ୍' ଜାତୀୟ ସଙ୍ଗୀତ ରୂପେ ମାନ୍ୟତା ଲାଭ କଲା। ବର୍ମାରୁ ଜେଲଦଣ୍ଡ ଭୋଗ କରି ତିଳକ ସୁରଟ ଅଧିବେଶନରେ ଯୋଗଦେଇଥିଲେ। ଏହି ଅଧିବେଶନରେ ପ୍ରଥମ ଦିନରୁ ବିଶୃଙ୍ଖଳା ଆରମ୍ଭ ହୋଇଗଲା। ବିଶୃଙ୍ଖଳା ଚରମସୀମାରେ ପହଂଚିଲା। କଂଗ୍ରେସ୍ ଇତିହାସରେ ସୁରଟ ବିଭାଜନ ବୋଲି ଅଭିହିତ କରାଯାଏ। ତିଳକ ଓ ଲଜପତ ରାୟଙ୍କ ଭଳି ଉଗ୍ର ଜାତୀୟବାଦୀ କଂଗ୍ରେସ ସ୍ରୋତରୁ ଭିନ୍ନ ରହିଗଲେ। ତିଳକ ମିଳାମିଶା ପାଇଁ ପଦକ୍ଷେପ ନେଇଥିଲେ। ତିଳକ ଜାତୀୟ କଂଗ୍ରେସ ଦଳରେ ଆଂଚଳିକ କଂଗ୍ରେସ ସମ୍ମିଳନୀ ଅନେକ ସ୍ଥାନରେ ଆୟୋଜନ କଲେ। ସେଠାରେ ସେ କହିଥିଲେ ଯେ ସ୍ୱତନ୍ତ୍ରତା ଆମର ଜନ୍ମସିଦ୍ଧ ଅଧିକାର।

୧୯୦୮ରେ ପୁନାର ଏକ ଜନସଭାରେ ମଦ୍ୟପାନ ବିରୋଧରେ ସେ ସ୍ୱରଉତୋଳନ କରିଥିଲେ। ଗୋଖଲେ ଓ ଭଣ୍ଡାରକରଙ୍କ ସହଯୋଗରେ ତିଳକ ସମଗ୍ର ମହାରାଷ୍ଟ୍ରର ମଦବୋଳନ ଆଗରେ ଆନ୍ଦୋଳନ କଲେ। ଏହି ସମୟରେ ମୁଜାଫରପୁରରେ ଜଜ୍ କିଙ୍ଗସ୍‌ଫୋର୍ଡ଼ଙ୍କ କାର୍ ଉପରେ ବୋମା ଫିଙ୍ଗା ଘଟଣାରେ ଦୁଇଜଣ ଇଂରେଜ ମହିଳା ମୃତ୍ୟୁବରଣ କରିଥିଲେ। କେଶରୀ ପତ୍ରିକାରେ 'ଦେଶକା ଦୁର୍ଭାଗ୍ୟ' ଲେଖା ପାଇଁ ରାଷ୍ଟ୍ରଦ୍ରୋହ ଅପରାଧରେ ତିଳକ ଗିରଫ ହେଲେ।



ଦୁଇ ଅଭିଯୋଗ ପାଇଁ ତିନିବର୍ଷ ଜେଲ୍‌ଦଣ୍ଡ ଏବଂ ତୃତୀୟ ଅଭିଯୋଗ ପାଇଁ ଏକ ହଜାର ଟଙ୍କା ଅର୍ଥଦଣ୍ଡ। ହାଇକୋର୍ଟରେ ତୃତୀୟ ଅଭିଯୋଗରୁ ତିଳକ ନିର୍ଦ୍ଦୋଷ ସାବ୍ୟସ୍ତ ହୋଇଥିଲେ ଏବଂ ସଶ୍ରମ ଜେଲ୍‌ଦଣ୍ଡ ବଦଳରେ ସାଧାରଣ ଜେଲଦଣ୍ଡ ମିଳିଲା। ସେଥିପାଇଁ ସରକାର ସାବରମତୀ ଜେଲରୁ ଜଳପଥରେ ରେଙ୍ଗୁନ୍‌ର ମାଣ୍ଡାଲେ ଜେଲ୍‌ଖାନାକୁ ପଠାଇଦେଲେ। ଜନମତ ନିର୍ବିଶେଷରେ ସଭିଏଁ ତିଳକଙ୍କ ପ୍ରତି ହୋଇଥିବା ଅନ୍ୟାୟ ଦଣ୍ଡାଦେଶକୁ ନିନ୍ଦା କରିଥିଲେ। ଏପରିକି ଇଂଲଣ୍ଡର ହେନରୀ କଟନ, ହାଇଣ୍ଡମ୍ୟାନ, କିର୍ ହାର୍ଡ଼ି ଏବଂ ମୋରଲେ ଆଦି ବିଶିଷ୍ଟ ବ୍ୟକ୍ତିଗଣ ଓ ଇଂରାଜୀ ସମ୍ବାଦପତ୍ର ମାଂଚେଷ୍ଟାର ଗାର୍ଡ଼ିୟାନ୍ ତିଳକଙ୍କ ବର୍ବରୋଚିତ ଶାସ୍ତି ବିରୋଧରେ ମତବ୍ୟକ୍ତ କରିଥିଲେ। ଦାଦାସାହେବ ଖାପର୍ଦେ ପ୍ରିଭି କାଉନ୍‌ସିଲରେ ତିଳକଙ୍କ ମୁକ୍ତି ପାଇଁ ଆବେଦନ କରିଥିଲେ। ଆବେଦନ ନାମଂଜୁର ହୋଇଗଲା। ବର୍ମାର ମାଣ୍ଡାଲେ କେନ୍ଦ୍ର ଜେଲ୍‌ରେ ଦୁଇମହଲା ବିଶିଷ୍ଟ ୨୦ଫୁଟ୍ X ୧୨ଫୁଟ କାଠରେ ତିଆରି ଘରେ ରହୁଥିଲେ। ତାଙ୍କ ସାଙ୍ଗରେ ପାଚକ କୁଲକର୍ଣ୍ଣ ରହୁଥିଲେ। କୁଲକର୍ଣ୍ଣ ଅସୁସ୍ଥ ହେଲେ, ତିଳକ ତାଙ୍କ ସେବା କରିଥିଲେ। ମାଣ୍ଡାଲେଠାରେ ସେ ଜର୍ମାନ ଓ ପାଲୀ ଭାଷା ସାହିତ୍ୟରେ ବିଶେଷ ଅଧ୍ୟୟନ କରିଥିଲେ। ତାଙ୍କର ଗବେଷଣାମୂଳକ କୃତି 'ଦି ଓରିୟନ' ଥିଲା। ମାଣ୍ଡାଲେ ଜେଲରେ ଥିବା ସମୟରେ, ୧୯୧୨ ଜୁନ୍ ୭ରେ ତାଙ୍କ ପତ୍ନୀ ଦୁଇପୁତ୍ର ଓ କନ୍ୟା ସନ୍ତାନ ଛାଡ଼ି ଇହଲୀଳା ତ୍ୟାଗ କଲେ। ଭଣଜା ଧୋଣ୍ଡୋ ଯଥାରୀତି କ୍ରିୟାକର୍ମ କରିଥିଲେ। ପତ୍ନୀଙ୍କ ମୃତ୍ୟୁପରେ ତିଳକ ମାନସିକ ଦୁଃଖ ଓ ଯନ୍ତ୍ରଣା ସହି ମାଣ୍ଡାଲେରେ ପଡ଼ିରହିଲେ। ୧୯୧୪ ଜୁନ୍ ୮ ତାରିଖରେ ଜେଲ୍ ଅଧକ୍ଷଙ୍କଠାରୁ ତିଳକ ମୁକ୍ତ ହେବାର ସୂଚନା ପାଇଲେ। ଜୁନ୍ ୧୬ ତାରିଖରେ ସେ ନିଜ ବାସସ୍ଥାନ ଗାୟକୱାଡ଼ାରେ ରାତି ଦୁଇଟାରେ ପହଂଚିଥିଲେ। ଦେଶଭକ୍ତ ତିଳକଙ୍କ ଘରବାହୁଡ଼ା ଘଟଣା ଭାରତୀୟଙ୍କ ହୃଦୟରେ ଆନନ୍ଦର ଜୁଆର ଖେଳାଇ ଦେଇଥିଲା।

ଦେଶସେବା ସହିତ ମାତୃଭୂମିକୁ ପରାଧୀନତା କବଳରୁ ଉଦ୍ଧାର କରିବାର ଦୃଢସଂକଳ୍ପ ତାଙ୍କୁ ମୁକ୍ତି ସଂଗ୍ରାମର ମହାନାୟକ ଭାବରେ ଉଭା କରିଥିଲା। ତିଳକ ପୂର୍ବପରି କ୍ରିୟାଶୀଳ ଓ ଚଳଚଂଚଳ ହୋଇପଡ଼ିଲେ। ତାଙ୍କର ପ୍ରିୟ ଜାତୀୟ ଦଳକୁ ପୁନର୍ଜୀବିତ କରିବାକୁ ଲାଗିପଡ଼ିଲେ। ଏଥିରେ ଆନିବେସାନ୍ତ ତାଙ୍କୁ ସାହାଯ୍ୟ କଲେ। ୧୯୧୪ ଅଗଷ୍ଟରେ ପ୍ରଥମ ବିଶ୍ୱଯୁଦ୍ଧରେ ତିଳକ ଗଣତନ୍ତ୍ରର ପ୍ରତିଷ୍ଠା ଓ ଏକଛତ୍ରବାଦୀ ଶାସନର ବିଲୋପ ପାଇଁ ସରକାରକୁ ସମର୍ଥନ ଜଣାଇଲେ। ତିଳକ ନିଜ ସମର୍ଥକମାନଙ୍କୁ ନେଇ ଶ୍ରୀ ଖାପର୍ଦେଙ୍କ ଅଧ୍ୟକ୍ଷତାରେ 'ହୋମ୍ ରୁଲ୍ ଲିଗ୍' ନାମକ ସମିତି ଗଠନ କରି ୧୯୧୬ ଏପ୍ରିଲ ୨୮ରେ ବେଲ ଗାଁଓ ସହରରେ ଏକ ସମାବେଶ ଆୟୋଜନ କରିଥିଲେ। ବିପୁଳ ସଂଖ୍ୟାରେ ସମର୍ଥକମାନେ ସ୍ୱରାଜ ପାଇଁ ସଂଗ୍ରାମ କରିବାକୁ ଆଗେଇ ଆସିଲେ। ଏହି ସମିତିରେ ସଭାପତି ଯୋଶେଫ ବାପଟିଷ୍ଟା ଓ କେଲକାର୍ ଏବଂ ଡି.ଭି. ଗୋଖଲେ ଦୁଇ ସେକ୍ରେଟାରୀଙ୍କୁ ନେଇ ଅତି ଅଳ୍ପ ସମୟରେ ତାଙ୍କର ଆଦର୍ଶକୁ ସର୍ବଭାରତୀୟ ସ୍ତରରେ ବ୍ୟାପକ କରିପାରିଥିଲେ। ପୁନାର ଜିଲ୍ଲାପାଳ 'ହୋମ୍ ରୁଲ୍' ଦ୍ୱାରା ଆତଙ୍କିତ ହୋଇ ତିଳକଙ୍କୁ ଚେତାବନୀ ଓ ଗ୍ୟାରେଂଟି ମାଗିଲେ। ଓକିଲ ମହମ୍ମଦ ଅଲ୍ଲି ଜିନ୍ନାଙ୍କ ମାଧ୍ୟମରେ ତିଳକ ହାଇକୋର୍ଟରେ ଅପିଲ କଲେ ଓ ବିଜୟୀ ହେଲେ। ନେହରୁ ତିଳକଙ୍କୁ ସମର୍ଥନ ଜଣାଇଲେ। ୧୯୧୬ ଡ଼ିସେମ୍ବର ଲକ୍ଷ୍ନୌଠାରେ କଂଗ୍ରେସ୍‌ର ବାର୍ଷିକ ଅଧିବେଶନରେ 'ସ୍ୱରାଜ ମୋର ଜନ୍ମଗତ ଅଧିକାର' ସ୍ଲୋଗାନ ଦିଆଗଲା। ବିଭାଜିତ କଂଗ୍ରେସ୍ ଓ ହିନ୍ଦୁ ମୁସଲମାନ ଏକତ୍ରିତ ହୋଇ ସ୍ୱରାଜ ପାଇଁ ଲଢିବାକୁ ସଂକଳ୍ପ ନେଲେ। ଏକତ୍ରିତ କରିବାରେ ମୁଖ୍ୟଭୂମିକା ତିଳକ ଗ୍ରହଣ କରିଥିଲେ। ତିଳକ ଜନ୍ମଦିନରେ ଏକଲକ୍ଷ ଟଙ୍କାର ଥଳିରୁ ଜାତୀୟ କାର୍ଯ୍ୟ ପାଇଁ ବ୍ୟୟ କରିଥିଲେ। ଔପନିବେଶିକ ସ୍ୱାର୍ଥ ଓ ଆଂଶିକ ରାଜନୀତିକ ଅଧିକାର ଦେବା ଉଦ୍ଦେଶ୍ୟରେ ସରକାର ମଂଟେଗୁ ଚେମ୍‌ସଫୋର୍ଡ଼ ଶାସନ ସଂସ୍କାର ୧୯୧୭ ଅଗଷ୍ଟ ୨୦ରେ ଲଣ୍ଡନରେ ଘୋଷଣା ହେଲା। ଶାସନକୁ ଗତିଶୀଳ କରିବା ଉଦ୍ଦେଶ୍ୟରେ ଭାରତ ବ୍ୟାପାର ମନ୍ତ୍ରୀ ମଂଟେଗୁ ନଭେମ୍ବର ମାସରେ ଭାରତୀୟ ନେତାମାନଙ୍କ ସହିତ ଆଲୋଚନା କଲେ। ଚେମ୍‌ସଫୋର୍ଡ଼ ବଡ଼ଲାଟ ଭାବରେ ତିଳକ ଓ ହୋମରୁଲ୍ ଲିଗ୍‌ର ନେତାମାନଙ୍କ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପରିଶେଷରେ ୧୯୧୮ ଜୁନ୍ ଶେଷରେ ମଂଟେଗୁ ଚେମ୍‌ସ-ଫୋର୍ଡ଼ ସରକାରୀ ଇସ୍ତାହାର ପ୍ରକାଶିତ ହେଲା। ତିଳକ କହିଥିଲେ ପ୍ରଜାତନ୍ତ୍ର ଶାସିତ ଇଂଲଣ୍ଡ ଯାହା ଦେବ, ଆମେ ସ୍ୱୀକାର କରିବା ଏବଂ ଯାହା ନଦେବ ସେଥିପାଇଁ ସଂଘର୍ଷ ଜାରି ରଖିବା। ରାଜନୀତିରେ ତିଳକଙ୍କ ମର୍ଯ୍ୟାଦା ବହୁଭାବରେ ବଢିଗଲା। ସମ୍ବାଦପତ୍ରରେ ଭାରତର ମୁକୁଟବିହୀନ ସମ୍ରାଟ ଭାବରେ, ତିଳକ ଅଭିହିତ ହୋଇଥିଲେ। ସେ ସର୍ବଦା ଇଂଲଣ୍ଡର ଗଣତନ୍ତ୍ରକୁ ଭାରତରେ ପ୍ରଚଳନ କରାଇବାକୁ ଚାହୁଁଥିଲେ। 'ଇଣ୍ଡିଆନ୍ ଅନ୍‌ରେଷ୍ଟ' ପୁସ୍ତକ ରଚୟିତା ଭେଲେଣ୍ଟାଇନ ଚିରୋଲଙ୍କ ଆପତିଜନକ ଲେଖା ପାଇଁ ତିଳକ ଲଣ୍ଡନ ଯାତ୍ରା କରିଥିଲେ। ଲଣ୍ଡନସ୍ଥ ରାଜାଙ୍କ କୋର୍ଟରେ ମୋକଦ୍ଦମା ଦାୟର ହେଲା। ଚିରୋଲଙ୍କୁ ଇଂରେଜ ସରକାର ସବୁ ସହାୟତା କରିବାରୁ ବିଚାରରେ ଚିରୋଲ ଜୟଲାଭ କଲେ। ପରାଜୟ ସତ୍ତ୍ୱେ ତିଳକ ଭାରତୀୟ ଜନସାଧାରଣଙ୍କ ସମ୍ମାନାସ୍ପଦ ନେତା ଭାବରେ ସ୍ୱୀକୃତି ପାଇଥିବା ବିଷୟ ମହାତ୍ମା ଗାନ୍ଧି ସ୍ୱୀକାର କରିଥିଲେ। ଇଂଲଣ୍ଡରେ ଏକବର୍ଷ ରହି ତିଳକ ଭାରତର ସ୍ୱରାଜ ପାଇଁ ଲଢେଇ ଜାରି ରଖିଲେ। ଆମେରିକା ରାଷ୍ଟ୍ରପତି ଉଇଲସନ ଗଣତନ୍ତ୍ର, ବ୍ୟକ୍ତି ସ୍ୱାଧୀନତା ଓ ପରାଧୀନ ଜାତି ପାଇଁ ସ୍ୱରାଜ ଦେବା ସପକ୍ଷରେ ଚଉଦ ଦଫା ଘୋଷଣାପତ୍ର ପ୍ରକାଶ କଲେ। ଇଂଲଣ୍ଡ ଉପରେ ଏହାର ପ୍ରଭାବ ପଡ଼ିଲା। ସରକାର ତିଳକ ଉପରେ ଥିବା ରାଜନୀତିକ କଟକଣା ହଟାଇଦେଲେ। ୧୯୧୯ ଫେବୃୟାରୀ ୨୫ରେ ତିଳକ 'କେକସ୍‌ଟନ୍ ହଲ୍'ରେ ଭାଷଣଦେଇ କହିଥିଲେ- ଭାରତ ପାଇଁ ସ୍ୱାଧୀନତାର ସ୍ୱାଦ ପାଇବା ସମୟ ଏବେ ଆଗତପ୍ରାୟ। ଜାତୀୟ କଂଗ୍ରେସର ସାପ୍ତାହିକ 'ଇଣ୍ଡିଆ'ର ସଂପାଦକ ହେନରୀ ପୋଲକ ଭାରତ ବିରୋଧୀ ଲେଖାମାନ ପ୍ରକାଶ କରୁଥିବାରୁ ତିଳକ ପ୍ରତିବାଦ କଲେ। ପୋଲକ ସ୍ଥାନରେ ଏନ.ସି. କେଲକାରଙ୍କୁ ସଂପାଦକ ନିଯୁକ୍ତ କରିଥିଲେ ବ୍ରିଟିଶ-ଇଣ୍ଡିଆ କମିଟି। ଅମୃତସର ଅଧିବେଶନରେ ଗାନ୍ଧିଜୀ ଓ ତିଳକ ମଧ୍ୟରେ ହୋଇଥିବା ଆଲୋଚନା ଅତି ଗୁରୁତ୍ୱପୂର୍ଣ୍ଣ ଥିଲା। ତିଳକଙ୍କ ଆଦର୍ଶ ଭଗବାନ ଶ୍ରୀକୃଷ୍ଣ ଓ ଗାନ୍ଧିଜୀଙ୍କ ଆଦର୍ଶ ବୁଦ୍ଧ ଓ ଯୀଶୁଖ୍ରୀଷ୍ଟ। ତିଳକ ଜଣେ ଶାସ୍ତ୍ରଜ୍ଞ ପଣ୍ଡିତ, ଗାନ୍ଧିଜୀ ଥିଲେ ତପସ୍ୱୀ ସାଧକ। ଉଭୟଙ୍କ ଶ୍ରଦ୍ଧା, ମମତା ଓ ପ୍ରେମ ଥିଲା ଭାରତମାତା ପ୍ରତି। ମେଲେରିଆ ଓ ନିମୋନିଆରେ ଆକ୍ରାନ୍ତ ହୋଇ ଭାରତୀୟ ସ୍ୱାଧୀନତା ସଂଗ୍ରାମର ମହାସେନାପତି ୧୯୨୦ ମସିହା ଜୁଲାଇ ୩୧ ତାରିଖ ମଧ୍ୟରାତ୍ରି ୧୨ଟା ୪୦ ମିନିଟ୍‌ରେ ଶେଷନିଃଶ୍ୱାସ ତ୍ୟାଗ କରିଲେ। ଭାରତର ବରପୁତ୍ର ଲୋକମାନ୍ୟ ବାଲ୍ ଗଙ୍ଗାଧର ତିଳକଙ୍କୁ ମହାତ୍ମାଗାନ୍ଧି, ସୌକତ ଅଲ୍ଲୀ, ଡ଼ଃ କିଚୁଲୁ, ନେହରୁ ଆଦି ନେତାମାନେ କାନ୍ଧରେ ବହେି ଚୌପାଠୀ ଶ୍ମଶାନ ଅଭିମୁଖେ ନେଲେ। ଚନ୍ଦନ କାଠର ଚିତାରେ ସଂଗ୍ରାମୀ ବୀରଙ୍କ ଦାହ ସଂସ୍କାର ହେଲା। ସାରା ଭାରତ ପାଇଁ ଅଗଷ୍ଟ ୧ ଥିଲା ଏକ ଦୁଃଖାତ୍ମକ ଦିବସ। ତିଳକ ଥିଲେ ନବଭାରତର ନିର୍ମାତା। ସେ ଥିଲେ ଭାରତୀୟ ସ୍ୱାଧୀନତା ସଂଗ୍ରାମର ପିତାମହ। ଭାରତର ଗୌରବମୟ ଅତୀତର ପ୍ରତୀକ, ସଂସ୍କୃତିର ପୁରୋଧା, ସ୍ୱାଧୀନତାର ନେତୃପୁରୁଷ ଓ ସ୍ୱାଧୀନତାର ପଥପ୍ରଦର୍ଶକ ଭାବରେ ଚିରସ୍ମରଣୀୟ।

# ସର୍ଭିସ୍ ରୋଡ ନିର୍ମାଣ ନିମନ୍ତେ ରାଜରାସ୍ତାକୁ ଓହ୍ଲାଇଲେ ଜନସାଧାରଣ



ଯୋଡା (ପିଏନ୍): ଯମ ଯନ୍ତ୍ରଣାରୁ ରକ୍ଷା ପାଇବା ପାଇଁ ବହୁବାର ଅନୁରୋଧ କରିବା ସତ୍ତ୍ୱେ ଫ୍ଲାଇଓଭର ନିର୍ମାଣକାରୀ ଠିକା ସଂସ୍ଥା ଚେଭ୍‌ରୋକ୍ସ କମ୍ପାନୀ ଯୋଡାବାସୀଙ୍କର ଦୁଃଖକୁ ହୃଦୟଙ୍ଗମ କରୁନଥିବାରୁ ଅତିଷ୍ଠ ହୋଇ ଶେଷରେ ସେମାନେ ରାଜରାସ୍ତାକୁ ଓହ୍ଲାଇବା ପାଇଁ ବାଧ ହୋଇଛନ୍ତି । ଦୀର୍ଘ ଦୁଇବର୍ଷ ହେବ ଫ୍ଲାଇଓଭର ନିର୍ମାଣକାର୍ଯ୍ୟ ଚାଲୁ ରହିଥିବା ବେଳେ ସରକାରୀ ନିୟମ ଅନୁଯାୟୀ ଲୋକମାନଙ୍କର ଯାତାୟତରେ କୌଣସି ବାଧା ସୃଷ୍ଟି ନହେବା ପାଇଁ ଦୁଇ ପାର୍ଶ୍ୱରେ ପ୍ରଥମେ ସର୍ଭିସ୍ ରୋଡ ନିର୍ମାଣ କରିବାର ପ୍ରାବଧାନ ରହିଛି । ଏହି ସର୍ଭିସ୍ ରୋଡ ନିର୍ମାଣ ନିମନ୍ତେ କମ୍ପାନୀକୁ ସରକାରଙ୍କ ତରଫରୁ ଅଧିକ ଅର୍ଥ ମଧ୍ୟ ଯୋଗାଇ ଦିଆଯାଇଥାଏ । ଏହି ଅର୍ଥକୁ କାମରେ ନଲଗାଇ ଆତ୍ମସାତ୍ କରିବାକୁ କମ୍ପାନୀ ମସୁଧା କରିଥିବାବେଳେ ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହେଉଛନ୍ତି । ଏହାର ପ୍ରତିବାଦରେ ଅଞ୍ଚଳବାସୀ ଆଜି ସକାଳୁ ଏକତ୍ରିତ ହୋଇ କୁମାର ଯୋଡା ନିକଟରେ ରାସ୍ତା ଅବରୋଧ କରିଥିବା ଦେଖିବାକୁ ମିଳିଛି । ଲୋକଙ୍କ ଅଭିଯୋଗ ମୁତାବକ ଠିକା ସଂସ୍ଥା ଓ ସ୍ଥାନୀୟ ପ୍ରଶାସନର ମଧୁଚନ୍ଦ୍ରିକାରେ ଏଭଳି ଅମାନୁଷିକ କାର୍ଯ୍ୟ ଦୀର୍ଘ ଦୁଇ ବର୍ଷ ହେବ ଚାଲିଆସୁଛି । ଯୋଡା ସହର ମଧ୍ୟ ଦେଇ ଯାଇଥିବା ୨ ନମ୍ବର ରାଜ୍ୟ ରାଜପଥ ଏବେ ମରଣଯନ୍ତା ପାଲଟିଛି । ଏହି ରାସ୍ତା ଦେଇ ପ୍ରତିଦିନ କୋଟି କୋଟି ଟଙ୍କାର ଖଣିଜ ପରିବହନ ହୋଇଥାଏ । ଉଗ୍ର ଗାଡିଚାଳନା ଓ ନିଶ୍ଚିତ ବିପଦରୁ ରକ୍ଷାପାଇବା ପାଇଁ ବହୁ ଦିନରୁ ଏକ ଫ୍ଲାଇଓଭର୍ ନିର୍ମାଣ ନିମନ୍ତେ ଦାବି ହୋଇଆସୁଥିଲା । ରାଜ୍ୟ ତଥା କେନ୍ଦ୍ର ସରକାର ଏହାକୁ ଗୁରୁତର ସହିତ ବିଚାରକୁ ନେଇ ରଣାଶାଳ ଘାଟି ଠାରୁ କୁମାର ଯୋଡା ପର୍ଯ୍ୟନ୍ତ ୨୦୨୧ ମସିହାରେ ଫ୍ଲାଇଓଭର୍ ନିର୍ମାଣ ନିମନ୍ତେ ଅନୁମତି ଦେଇଛନ୍ତି । ଏହି କାର୍ଯ୍ୟଟିକୁ ସମ୍ପାଦନ କରିବା ନିମନ୍ତେ ଓଡିଶା ବ୍ରିଜ କନ୍‌ଷ୍ଟ୍ରକ୍‌ସନ୍ (ଓବିସିସି) କମ୍ପାନୀକୁ ହସ୍ତାନ୍ତର କରାଯାଇଛି । ଓବିସିସି ଏହି ଫ୍ଲାଇଓଭର ନିର୍ମାଣ ପାଇଁ ଚେଭ୍‌ରୋକ୍ସ ନାମକ ଏକ ଠିକା ସଂସ୍ଥାକୁ ଦେଇଥିବା ଜଣାପଡିଛି । ଅସରାଏ ବର୍ଷାରେ ରାସ୍ତା ଉପରେ ପାଣି ଲହଡି ମାରିବା ସହିତ ଆଣ୍ଠୁଏ କାଦୁଅ ଭରିଯାଉଛି । ଏହି ରାସ୍ତାର ଦୁଇପାର୍ଶ୍ୱରେ ଥିବା ବିଭିନ୍ନ ବସ୍ତିକୁ ସଂଯୋଗ କରୁଥିବା ରାସ୍ତାଗୁଡିକ ମଧ୍ୟ ଆଣ୍ଠୁଏ କାଦୁଅରେ ଭରିଯାଉଛି । ମୁଖ୍ୟ ରାସ୍ତାର ଦୁଇ କଡରେ ସ୍କୁଲ, ଡାକ୍ତରଖାନା, ବ୍ୟାଙ୍କ ଇତ୍ୟାଦି ଥିବାବେଳେ ଲୋକମାନେ ଯାତାୟାତ କରିବା ସମ୍ଭବ ହୋଇପାରୁନାହିଁ । ଏହି ରାସ୍ତା ଦେଇ ପ୍ରତିଦିନ ହଜାର ହଜାର ସଂଖ୍ୟାର କୋମଳମତି ଛାତ୍ରଛାତ୍ରୀମାନେ ବିଦ୍ୟାଳୟକୁ ଯାଇଥା'ନ୍ତି । କିନ୍ତୁ ବିଡମ୍ବନାର ବିଷୟ କମ୍ପାନୀ କର୍ତୃପକ୍ଷ ଏଥିପ୍ରତି ନଜର ଦେଉନଥିବାରୁ ଛାତ୍ରଛାତ୍ରୀମାନେ ବିଦ୍ୟାଳୟ ଯିବା ସମ୍ଭବ ହୋଇପାରୁନାହିଁ । ବାରମ୍ବାର ଅଭିଯୋଗ ସତ୍ତ୍ୱେ କମ୍ପାନୀର ଏଭଳି ମନୋମୁଖି କାର୍ଯ୍ୟକୁ ସ୍ଥାନୀୟ ବାସିନ୍ଦା ଘୋର ନିନ୍ଦା କରିଛନ୍ତି । ଚେଭ୍‌ରୋକ୍ସ କମ୍ପାନୀ କାହାର ଛତ୍ରଛାୟା ତଳେ ରହି ଏଭଳି ଅମାନୁଷିକ କାର୍ଯ୍ୟ କରୁଛି ବୋଲି ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି । ଏପରିସ୍ଥଳେ ଯୋଡା ମଧ୍ୟ ଦେଇ ଯାଇଥିବା ଡ୍ରେନ୍‌ଗୁଡିକ ଠିକଣା ସମୟରେ ସଫା କରାଯାଉନଥିବାରୁ ପ୍ରତ୍ୟେକ ସ୍ଥାନରେ ପାଣି ଜମି ରହୁଥିବା ଦେଖିବାକୁ ମିଳୁଛି । ସେହିଭଳି ଯୋଡା ବ୍ଲକ ଅନ୍ତର୍ଗତ କାଳିମାଟୀ ଛକଠାରେ ମୁଖ୍ୟ ରାସ୍ତା ଉପରେ ଅନେକଗୁଡିଏ ଗାତ ସୃଷ୍ଟି ହୋଇଥିବା ଦେଖିବାକୁ ମିଳିଛି । ଯାହା ଫଳରେ ସାଧାରଣ ଜୀବନଯାତ୍ରା ଦୁର୍ବିସହ ହୋଇପଡିଛି । ଉକ୍ତ ରାସ୍ତା ଦେଇ ପ୍ରତିଦିନ ହଜାର ହଜାର ସଂଖ୍ୟାର ଟ୍ରକ୍ ରେଳ ସାଇଡିଂ ଓ ବିଭିନ୍ନ କାରଖାନାକୁ ଲୁହାପଥର ପରିବହନ କରିଥା'ନ୍ତି । ଉକ୍ତ ରାସ୍ତାରେ ପ୍ରତିଦିନ ଟ୍ରକ୍‌ଗୁଡିକ ଫସିରହିବା ସହିତ ଟ୍ରକ୍‌ଗୁଡିକର ଯନ୍ତ୍ରାଂଶ ଭାଙ୍ଗିଯାଉଥିବାରୁ ମାଲିକମାନେ ଅନେକ କ୍ଷତି ସହୁଛନ୍ତି । ବାରମ୍ବାର ଅଭିଯୋଗ ପରେ ମଧ୍ୟ ଏହି ରାସ୍ତାଗୁଡିକର ସୁଧାର ଆସୁନଥିବା ହେତୁ ବାଧ ହୋଇ ସ୍ଥାନୀୟ ବାସିନ୍ଦା ରାସ୍ତାରୋକ କରିଥିବା ଜଣାପଡିଛି । ଆଗାମୀ ଦିନରେ ଯଦି ଏହାକୁ ବିଚାରକୁ ନ ନିଆଯାଏ ତେବେ ଆନ୍ଦୋଳନର ପନ୍ଥା ଅବଲମ୍ବନ କରିବା ସହିତ ଅର୍ଥନୈତିକ ଅବରୋଧ କରାଯିବ ବୋଲି ସ୍ଥାନୀୟ ବାସିନ୍ଦାମାନେ ଚେତାବନି ଦେଇଛନ୍ତି ।

# ପାନପୋଷର ଜଗନ୍ନାଥ ଓ ଜାମିଆ କଲୋନୀରୁ ବର୍ଷାଜଳ ନିଷ୍କାସନ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଉ

ରାଉରକେଲା (ପିଏନ୍): ରାଉରକେଲା ମହାନଗର ନିଗମ ଅନ୍ତର୍ଗତ ୨ ନମ୍ବର ଓ୍ୱାର୍ଡ ପାନପୋଷର ଜଗନ୍ନାଥ ଓ ଜାମିଆ କଲୋନୀରୁ ବର୍ଷାଜଳ ନିଷ୍କାସିତ ହୋଇନପାରି ଏକ ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଛି । ସମ୍ଭ୍ରାନ୍ତ ଶ୍ରେଣୀର ଲୋକ ବସବାସ କରୁଥିବା ଏହି ଉଭୟ କଲୋନୀରେ ଅଧିକ ବର୍ଷା ହେଲେ ଲୋକଙ୍କ ଘରେ ପାଣି ପଶୁଥିବା ବେଳେ ବର୍ଷା ପରେ ଘର ଦ୍ୱାର ମୁହଁରେ ପାଣି ଜମି ରହି ଯାତାୟାତରେ ଗୁରୁତର ବାଧା ସୃଷ୍ଟି କରିବା ସହ ଏକ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି କରୁଛି । ଏ ସମ୍ପର୍କରେ ସ୍ଥାନୀୟ ବାସିନ୍ଦାମାନଙ୍କଠାରୁ ଖବର ପାଇଁ ରାଉରକେଲା ବିଧାନସଭା କ୍ଷେତ୍ରର ପ୍ରାକ୍ତନ କଂଗ୍ରେସ ବିଧାୟକ ପ୍ରାର୍ଥୀ ବିରେନ ସେନାପତି ଅନ୍ୟ ସହଯୋଗୀଙ୍କ ସହିତ ସମ୍ପୃକ୍ତ ବୁଲି ଦେଖିଥିଲେ । ସମ୍ପୃକ୍ତ ଅଞ୍ଚଳର ବାସିନ୍ଦାମାନେ ଶ୍ରୀ ସେନାପତିଙ୍କୁ କଲୋନୀର ବିଭିନ୍ନ ରାସ୍ତା ଓ ପାଣି ଜମୁଥିବା ସ୍ଥାନ ସବୁ ବୁଲାଇ ଦେଖାଇଥିଲେ । ଉକ୍ତ ଅଞ୍ଚଳରୁ ବର୍ଷାଜଳ ନିଷ୍କାସନ ପାଇଁ ଅଦ୍ୟାବଧି ମହାନଗର ନିଗମ ତରଫରୁ କୌଣସି ବୃହତ ନାଳି ନିର୍ମାଣ ହୋଇନଥିବାରୁ ବର୍ଷାଜଳ ଜମି ରହି ଅଭାବନୀୟ ପରିସ୍ଥିତି ସୃଷ୍ଟି ହେଉଛି । ମହାନଗର ନିଗମ କର୍ତ୍ତୃପକ୍ଷ ରାଉରକେଲା ସହରକୁ ସ୍ୱଚ୍ଛ ଓ ସୁନ୍ଦର କର ଗଢି ତୋଳିବା ସହ ଶିଶୁ ଅନୁକୂଳ ସହର କରିବା ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନେଉଛନ୍ତି ବୋଲି ପ୍ରଚାର ପ୍ରସାର କରୁଛନ୍ତି । ସେଥିପାଇଁ ବିଶ୍ୱର ପ୍ରମୁଖ ୧୦ଟି ସହର ମଧ୍ୟରେ ରାଉରକେଲା ସ୍ଥାନ ପାଇଛି ବୋଲି ନଗର ନିଗମ ତରଫରୁ କୁହାଯାଇ ଆସନ୍ତା ଅକ୍ଟୋବରରେ ଲଣ୍ଡନ ଠାରେ ହେବାକୁ ଥିବା ସହରାଞ୍ଚଳ ଲିଡରସିପ୍ କାର୍ଯ୍ୟକ୍ରମରେ ରାଉରକେଲା ସ୍ମାର୍ଟସିଟି ଅଂଶଗ୍ରହଣ କରିବ ବୋଲି ସୂଚନା ଦିଆଯାଇଛି । ଅପରପକ୍ଷରେ ଏହି ସ୍ମାର୍ଟସିଟିର ୨ ନମ୍ବର ଓ୍ୱାର୍ଡର ଜଗନ୍ନାଥ ଓ ଜାମିଆ କଲୋନୀରୁ ବର୍ଷାଜଳ ନିଷ୍କାସିତ ହୋଇନପାରି ଯେଉଁ ଦୟନୀୟ ଅବସ୍ଥା ସୃଷ୍ଟି ହେଉଛି ଏବଂ ଶିଶୁମାନେ ଘରୁ ବାହାରିବା ସମ୍ଭବ ହେଉନାହିଁ, ତାହା ସ୍ୱଚକ୍ଷୁରେ ନ ଦେଖିଲେ ବିଶ୍ୱାସ କରିହେବ ନାହିଁ ବୋଲି ଶ୍ରୀ ସେନାପତି କହିଛନ୍ତି । ତେଣୁ ମହାନଗର ନିଗମ କର୍ତ୍ତୃପକ୍ଷ ଖାଲି ପୁରସ୍କାର ସନ୍ଧାନରେ ନ ରହି ଯେଉଁ ନାଗରିକମାନେ ଆବଶ୍ୟକୀୟ ସେବା ପାଇଁ ଟିକସ ଦେଉଛନ୍ତି ସେମାନଙ୍କୁ ଉପଯୁକ୍ତ ମୌଳିକ ସେବା ଯୋଗାଇ ଦେବାକୁ ଶ୍ରୀ ସେନାପତି ଦାବି କରିଛନ୍ତି । ଉକ୍ତ ଅଞ୍ଚଳରୁ ବର୍ଷାଜଳ ନିଷ୍କାସନ ପାଇଁ ମହାନଗର ନିଗମ କର୍ତ୍ତୃପକ୍ଷ ତୁରନ୍ତ ଏକ ସ୍ୱତନ୍ତ୍ର ଯୋଜନା ହାତକୁ ନେବାକୁ ଶ୍ରୀ ସେନାପତି ଦାବି କରିଛନ୍ତି । ଏହି ଅଞ୍ଚଳ ବୁଲିବା ବେଳେ ଶ୍ରୀ ସେନାପତିଙ୍କ ସହିତ ପିସିସି ସମ୍ପାଦକ ଧର୍ମେନ୍ଦ୍ର ପରମାର, ପୂର୍ବତନ ବ୍ଲକ୍ ସଭାପତି ମାତାପ୍ରସାଦ ଜୟସ୍ୱାଲ, ସିଦ୍ଧେଶ୍ୱର ମଲ୍ଲିକ, ବୁଲୁ ଦାସ, ମୀନକେତନ ଯତୀ ତଥା ଉକ୍ତ ଅଞ୍ଚଳର ଶେକ ୟୁସୁଫ ଅଲ୍ଲୀ, ଶେକ ପରଭେଜ, ଇମତିଆଜ ଖାନ, ଏମ୍‌ଡି ସଲାଉଦ୍ଦିନ, ବିଜୟ ସାହୁ, ପ୍ରତାପ ସାହୁ, ଏସ୍.ଚୌଧୁରୀ ପ୍ରମୁଖ ସମଗ୍ର ଅଞ୍ଚଳର ବୁଲି ଦେଖିଥିଲେ ବୋଲି ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

## ମାଟିର ଝିଅକୁ ମାଟିରେ ଶୁଭେଚ୍ଛା

ଭୁବନେଶ୍ୱର (ପିଏନ୍): ନୂଆ ରାଷ୍ଟ୍ରପତି ଭାବେ ଶ୍ରୀମତୀ ଦ୍ରୌପଦୀ ମୁର୍ମୁ ଶପଥ ନେଇଛନ୍ତି। ଆମ ମାଟିର ଝିଅ ଦ୍ରୌପଦୀଙ୍କ ପାଇଁ ଓଡ଼ିଶା ଗର୍ବିତ ଓ ଗୌରବାନ୍ୱିତ। ପ୍ରଥମ ଆଦିବାସୀ ମହିଳା ତଥା ସର୍ବକନିଷ୍ଠ ରାଷ୍ଟ୍ରପତି ଭାବେ ରାଇସିନା ହିଲ୍ସରେ ତାଙ୍କର ପଦାର୍ପଣ ଇତିହାସ ସୃଷ୍ଟି କରିଛି। ଏ ନେଇ ଗାଁଠୁ ସହର ଉତ୍ସବମୁଖର। ରାଜ୍ୟର କୋଣ ଅନୁକୋଣରୁ ଅଜସ୍ର ଶୁଭେଚ୍ଛା ଓ ଅଭିନନ୍ଦନର ସୁଅ ଛୁଟି ଚାଲିଛି। ଏହି ପରିପ୍ରେକ୍ଷୀରେ ସ୍ମାର୍ଟ ନଗରୀ ଭୁବନେଶ୍ୱର ଉପକଣ୍ଠରେ ଧଉଳି ଗ୍ରାମରେ ରହୁଥିବା ୨୫ ବର୍ଷୀୟ ଯୁବକ ଭାସ୍କର୍ଯ୍ୟ ଶିଳ୍ପୀ ଜୟଦ୍ରଥ ମଣ୍ଡଳ ଏକ ନିଆରା ଢଙ୍ଗରେ ଶ୍ରୀମତୀ ମୁର୍ମୁଙ୍କୁ ହୃଦୟରୁ ଶୁଭେଚ୍ଛା ଜଣାଇବା ସହ ଅଭିନନ୍ଦନ ଜଣାଇଛନ୍ତି। ଚିକିଟା ମାଟି ଓ ରଙ୍ଗରେ ନିଖୁଣ ରୂପେ ତିଆରିଛନ୍ତି ଦ୍ରୌପଦୀଙ୍କ ପ୍ରତିଛବି। ଏହାକୁ ତିଆରି କରିବା ପାଇଁ ୬ରୁ ୭ ଘଣ୍ଟା ସମୟ ଲାଗିଛି ବୋଲି ଜୟ କହିଛନ୍ତି। ସୂଚନାଯୋଗ୍ୟ, ଜୟ ଭୁବନେଶ୍ୱରସ୍ଥିତ ଧଉଳି ଚାରୁକଳା ମହାବିଦ୍ୟାଳୟରେ ଭାସ୍କର୍ଯ୍ୟ କଳାରେ ସ୍ନାତକ ଉତ୍ତୀର୍ଣ୍ଣ ହେବାପରେ ଏବେ ସେ ପିଜି ପଢିବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି। ଜୟଙ୍କ ଏହି ସୁନ୍ଦର ମନଛୁଆଁ କଳାକୃତିକୁ ଅନେକ କଳାପ୍ରେମୀ, ସ୍ଥାନୀୟ ଅଞ୍ଚଳବାସୀ ଏବଂ ବିଭିନ୍ନ ମହଲରେ ପ୍ରଶଂସା କରାଯିବା ସହ ସ୍ୱାଗତ କରାଯାଇଛି। ଜୟଙ୍କ ମୂଳଘର କେନ୍ଦ୍ରାପଡ଼ା ଜିଲ୍ଲା ଖରିନାସୀ ଗ୍ରାମରେ ବୋଲି ଜଣାପଡ଼ିଛି।

## ବିଭିନ୍ନ ଶୈବପୀଠରେ କାଉଡିଆଙ୍କ ଜଳାଭିଷେକ

ଢେଙ୍କିକୋଟ (ପିଏନ୍): ଦେବଦେବ ମହାଦେବଙ୍କ କୃପା ଲାଭ ଓ ମାନସିକ ପୂରଣ ନିମିତ୍ତ ଶ୍ରାବଣ ମାସରେ ମଙ୍ଗଳମୟ ସଦାଶିବଙ୍କ ଶିବଲିଙ୍ଗ ଉପରେ ଜଳାଭିଷେକ କରିବା ପାଇଁ ଅରୁଆ ଚାଉଳ, ଧୂପ, ଦୀପ, ଧଳା ଚନ୍ଦନ, ବେଲପତ୍ର ଓ ସୁଗନ୍ଧ ଦ୍ରବ୍ୟରେ ନଦୀଘାଟରୁ ପୂର୍ଣ୍ଣକୁମ୍ଭ ଉଠାଇ କାଉଡିଆମାନେ ପୂଜାର୍ଚ୍ଚନା କରିବା ସହ ବୋଲ୍‌ବୋମ୍ ଓ ଶିବାଷ୍ଟକ ପାଠ କରିଥାନ୍ତି । ଶ୍ରାବଣ ମାସର ତୃତୀୟ ସୋମବାର ଥିବାରୁ ଜଳାଭିଷେକ ପାଇଁ ଉଭୟ ଘଟଗାଁ ଓ ପାଟଣା ବ୍ଲକର ବିଭିନ୍ନ ଶୈବପୀଠରେ କାଉଡିଆମାନେ ଆନନ୍ଦ ଉଲ୍ଲାସ ଏବଂ ଭକ୍ତିଭାବରେ ଶିବଲିଙ୍ଗ ଉପରେ ଜଳାଭିଷେକ କରିଥିଲେ । ପୁରାଣପ୍ରସିଦ୍ଧ ଐତିହାସିକ ଶୈବପୀଠ ବରାହଟିପୁରାର ଶ୍ରୀ ଶ୍ରୀ ନୀଳକଣ୍ଠେଶ୍ୱର ମନ୍ଦିର, ଶ୍ୱୀ ବାଣେଶ୍ୱର ମନ୍ଦିର, ଘଟଗାଁର ଶ୍ରୀ ଘଟେଶ୍ୱର ମନ୍ଦିର, ପାଟଣାର ପ୍ରସିଦ୍ଧ ବୈତରଣୀ ତୀର୍ଥ ଶ୍ରୀ ପରମେଶ୍ୱର ମନ୍ଦିର, ଶ୍ରୀ ଆନନ୍ଦେଶ୍ୱର ମନ୍ଦିରରେ ଶହ ଶହ ସଂଖ୍ୟାରେ କାଉଡିଆମାନେ ପ୍ରାତଃ ସମୟରୁ ଲମ୍ବା ଧାଡିରେ ସଦାଶିବଙ୍କ ଜଳାଭିଷେକ କରିଥିଲେ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଅଗଷ୍ଟ ୧୦

# ଓଡିଶାର ପ୍ରଗତିରେ ହରେକୃଷ୍ଣ ମହତାବଙ୍କ ଅତୁଳନୀୟ ଅବଦାନ



ଆଶୁତୋଷ ନାୟକ

ଓଡିଶାର ସର୍ବପ୍ରଥମ ମୁଖ୍ୟମନ୍ତ୍ରୀ, ହରେକୃଷ୍ଣ ମହତାବଙ୍କର ଅସାଧାରଣ ବ୍ୟକ୍ତିତ୍ୱ ଥିଲା । ସେ ମିଷ୍ଟଭାଷୀ ଉଦାର, ନିର୍ଭିକ,ନମ୍ର ସାହିତ୍ୟପ୍ରେମୀ, ସ୍ୱାଧୀନତା ସଂଗ୍ରାମୀ ଏବଂ ଜଣେ ଆଦର୍ଶ ରାଜନେତା ଥିଲେ । ସେ ଓଡିଶାର ଜଣେ ବିଚ଼କ୍ଷଣ ରାଜନୀତିଜ୍ଞ, ଐତିହାସିକ ଓ ସୁଲେଖକ ଭାବେ ପରିଚ଼ିତ । ସେ ୧୮୯୯ମସିହା ଆଗରପଡା ରେ (ବର୍ତମାନ ଭଦ୍ରକ ଜିଲ୍ଲା ରେ ଅବସ୍ଥିତ) ଏକ ସମ୍ଭ୍ରାନ୍ତ କ୍ଷତ୍ରିୟ ପରିବାରରୁ ଜନ୍ମଗ୍ରହଣ କରିଥିଲେ । ଭାରତର ସ୍ୱାଧୀନତା ସଂଗ୍ରାମରେ ଯୋଗଦେଇ ସେ ବହୁବାର କାରାବରଣ କରିଥିଲେ । ବିଭିନ୍ନ ସମୟରେ ବିଭିନ୍ନ ପଦପଦବୀରେ ରହି ବହୁ ଜନହିତକର କାର୍ଯ୍ୟ କରିଯାଇଛନ୍ତି । ତାଙ୍କର ପ୍ରେରଣା ଓ ସମ୍ପାଦନାରେ ପ୍ରଜାତନ୍ତ୍ର, ମୀନାବଜାର , ଝଙ୍କାର ପ୍ରଭୃତି,, ପତ୍ରପତ୍ରିକା କଟକରୁ ପ୍ରକାଶିତ ହେଉଛି । ସମ୍ଭ୍ରାନ୍ତ ପରିବାରରେ ଜନ୍ମ ହୋଇଥିଲେ ମଧ୍ୟ ସେ ସଦାସର୍ବଦା ଜଣେ ସରଳ ନିଷ୍କପଟ, ଉଦାର, ନମ୍ର ରାଜନେତା ଥିଲେ । ଗର୍ବ, ଅହଂଙ୍କାର ତାଙ୍କୁ ତଳେମାତ୍ର ଛୁଇଁ ପାରିନଥିଲା । ଯାହାକି ଏକବିଂଶ ଶତାବ୍ଦୀର ରାଜନେତା ପାଖରେ ଏହା ପରିଲକ୍ଷିତ ହେଉନାହିଁ । ଭାରତର ସ୍ୱାଧୀନତା ସଂଗ୍ରାମରେ ତାଙ୍କର ଅତୁଳନୀୟ ଅବଦାନ ତାଙ୍କୁ ଉତ୍କଳକେଶରୀର ଆଖ୍ୟା ପ୍ରଦାନ କରିଅଛି । ନବଉତ୍କଳର ନିର୍ମାତା ରୂପେ ସେ ସୁପ୍ରତିଷ୍ଠିତ। ‘ ତୁଳସୀ ଦୁଇ ପତ୍ରରୁ ବାସିଲା ପରି’ ବାଲ୍ୟ କାଳରୁ ହିଁ ଡକ୍ଟର ହରେକୃଷ୍ଣ ମହତାବଙ୍କ ମନରେ ଦେଶପ୍ରେମର ବହ୍ନି ପ୍ରଜ୍ୱଳିତ ହୋଇଥିଲା । ଦେଶମାତୃକାର ସେବା ପାଇଁ ପାଠପଢ଼ା ଅଧାରୁ ସମାପ୍ତ କରି ଭାରତର ସ୍ୱାଧୀନତା ସଂଗ୍ରାମରେ ସେ ଯୋଗଦେଇଥିଲେ । ସେ ମହାତ୍ମା ଗାନ୍ଧୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇଥିଲେ । ସେ ୧୯୨୦ ମସିହାରେ ଭାରତୀୟ ଜାତୀୟ କଂଗ୍ରେସର ନାଗପୁର ଓ କୋଲକାତା ଅଧିବେଶନରେ ଯୋଗ ଦେଇଥିଲେ ଏବଂ ଭାରତକୁ ସ୍ୱାଧୀନ କରିବାର ଜିଜ୍ଞାସା ତାଙ୍କ ମନ ମଧ୍ୟରେ ଜାଗ୍ରତ ହୋଇଥିଲା । ସେଥିପାଇଁ ସେ ଭାରତୀୟ ଜାତୀୟ କଂଗ୍ରେସରେ ଯୋଗ ଦେଇଥିଲେ। ୧୯୨୧ ମସିହାରେ ଭାରତର ସ୍ୱାଧିନତା ସଂଗ୍ରାମରେ ସେ ଯୋଗଦେଇଥିଲେ। ସେଥିପାଇଁ ତାଙ୍କୁ ବହୁବାର ଜେଲ୍ ଯିବାକୁ ପଡ଼ିଥିଲା। ୧୯୩୦ ମସିହାରେ ହୋଇଥିବା ଆଇନ ଅମାନ୍ୟ ଆନ୍ଦୋଳନରେ ତାଙ୍କର ଭୂମିକା ଅତୁଳନୀୟ ଥିଲା । ୧୯୩୪ ମସିହାରେ ସେ ଅସ୍ପୃଶ୍ୟତା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିଥିଲେ ଏବଂ ଓଡ଼ିଶାର ମନ୍ଦିର ଗୁଡ଼ିକୁ ସବୁ ଲୋକଙ୍କ ପାଇଁ ଖୋଲିବା ପାଇଁ ପଦକ୍ଷେପ ନେଇଥିଲେ । ତାଙ୍କ ପାଖରେ ଧନୀ, ଗରିବ , ଉଚ୍ଚ଼, ନୀଚ୍ଚ଼ ଜାତିର ଭେଦ ଭାବ ନଥିଲା । ୧୯୩୩ ରୁ ୧୯୩୬ମସିହା ପର୍ଯ୍ୟନ୍ତ ସେ ଓଡ଼ିଶାର ଅଗ୍ରପଡ଼ା ରେ ଥିବା ଗାନ୍ଧୀ କର୍ମମଣ୍ଡଳ ଆଶ୍ରମରେ ହରିଜନ ମାନଙ୍କ ଉନ୍ନତି ନିମନ୍ତେ ଅନେକ କାର୍ଯ୍ୟ କରିଥିଲେ। ୧୯୪୨ ମସିହାରେ ଗାନ୍ଧିଜୀଙ୍କ ନେତୃତ୍ୱରେ ହୋଇଥିବା ଭାରତ ଛାଡ଼ ଆନ୍ଦୋଳନରେ ସେ ଅଂଶଗ୍ରହଣ କରିଥିଲେ ଏବଂ ଇଂରେଜ ମାନଙ୍କୁ ଦୃଢତାର ସହିତ ବିରୁଦ୍ଧ କରିଥିଲେ । ସେ ଦୀର୍ଘ ୮ ବର୍ଷ ଧରି ଜେଲ୍ ରେ ସମୟ ଅତିବାହିତ କରିଛନ୍ତି। ଭାରତ ଛାଡ଼ ଆନ୍ଦୋଳନରେ ସେ ‘୧୯୪୨ ରୁ ୧୯୪୫‘ ମସିହା ପର୍ଯ୍ୟନ୍ତ କାରାଗାରରେ ବନ୍ଦୀ ହୋଇ ରହିଥିଲେ। ଜେଲ୍ ରେ ବନ୍ଦୀ ଥିବା ସମୟରେ ସେ ୩ ଟି ଉପନ୍ୟାସ ଅନେକ କବିତା ଓ ଓଡ଼ିଶାର ଇତିହାସ ଲେଖିଥିଲେ । ୧୯୪୬ ମସିହା ଏପ୍ରିଲ ୨୩ରେ ସେ ଓଡ଼ିଶାର ପ୍ରଥମ ମୁଖ୍ୟମନ୍ତ୍ରୀ ଭାବେ ଅଧିଷ୍ଠିତ ହୋଇଥିଲେ । ଡକ୍ଟର ହରେକୃଷ୍ଣ ମହତାବଙ୍କ ବିରୁଦ୍ଧରେ ବାରମ୍ବାର ଷଡ଼ଯନ୍ତ୍ର କରାଯାଇଥିଲେ ମଧ୍ୟ ନିଜର ଦୃଢ଼ ଇଚ୍ଛାଶକ୍ତି, ନିଷ୍ଠା ନିର୍ଭୀକତା, ତ୍ୟାଗ, ସଚ୍ଚୋଟତା, ନମ୍ରତାକୁ ପାଥେୟ କରି ସେ ସବୁ ଷଡ଼ଯନ୍ତ୍ର କୁ ପଶମିତ କରିପାରିଥିଲେ। ତାଙ୍କ ପାଇଁ ଦଳ, ପଦପଦବୀ ଅପେକ୍ଷା ରାଷ୍ଟ୍ର ସର୍ବୋପରି ଥିଲା । ଦଳୀୟ ସ୍ୱାର୍ଥ ଅପେକ୍ଷା ରାଷ୍ଟ୍ର ତଥା ରାଜ୍ୟର ସ୍ୱାର୍ଥକୁ ସଦାସର୍ବଦା ଗୁରୁତ୍ୱ ଦେଉଥିଲେ ଏଥିରେ ତିଳେମାତ୍ର ସଂନ୍ଦେହର ଅବକାଶ ନାହିଁ । ରାଜନୀତିରେ କୌଣସି ବ୍ୟକ୍ତି କିମ୍ବା କୌଣସି ଦଳର ମହିମାମଣ୍ଡନ କରିବାକୁ ସେ ନାପସନ୍ଦ କରୁଥିଲେ । ସେ ସଦାସର୍ବଦା ଆମ ରାଷ୍ଟ୍ର ତଥା ରାଜ୍ୟର ବିକାଶ ପାଇଁ ଚେଷ୍ଟିତ ଥିଲେ । କ୍ଷମତା,ପଦପଦବୀର ଲାଳସା ତାଙ୍କୁ ଗ୍ରାସ କରି ପାରିନଥିଲା । ସେ ସଦାସର୍ବଦା ଓଡ଼ିଆ ଭାଷା,ସାହିତ୍ୟ, ପରମ୍ପରା, ସଂସ୍କୃତିକୁ ବଜାଇ ରଖିବା ପାଇଁ ଅପ୍ରାଣ ଉଦ୍ୟମ କରୁଥିଲେ । ସେ ଲାଲବାହାଦୁର ଶାସ୍ତ୍ରୀଙ୍କ ଭଳି ଅତି ସରଳ ନିରାଡ଼ମ୍ବର ଜୀବନ ଅତିବାହିତ କରୁଥିଲେ । ଅସହାୟ ଗରିବ, ମଧ୍ୟବିତ୍ତ ଲୋକଙ୍କର ଦବିଯାଉଥିବା ସ୍ୱରକୁ ନିଜର ଗଳ୍ପ, ଉପନ୍ୟାସ ଏବଂ ଖବରକାଗଜ ‘ପ୍ରଜାତନ୍ତ୍ର’ ରେ ପ୍ରକାଶ କରୁଥିଲେ । ନିରପେକ୍ଷ ନୈନିକ ଖବରକାଗଜ ‘ପ୍ରଜାତନ୍ତ୍ର‘ ସଦାସର୍ବଦା ସାଧାରଣ ଲୋକଙ୍କ ସ୍ୱର ହୋଇ ତାର ଦାୟିତ୍ୱ ସଠିକ ଭାବରେ ନିର୍ବାହ କରୁଛି । ଯେତେବେଳେ ପ୍ରଶାସନ ନେତା,ମନ୍ତ୍ରୀ, ଅଫିସର ମାନେ ଭ୍ରଷ୍ଟାଚ଼ାରରେ ଲିପ୍ତ ରୁହନ୍ତି, ଅହଂକାରରେ ବଶବର୍ତ୍ତୀ ହୋଇ ସାଧାରଣ ଲୋକଙ୍କ ସ୍ୱାର୍ଥକୁ ଭୁଲିଯାଆନ୍ତି, ସେବକ ପରିବର୍ତ୍ତ ? ନିଜକୁ ମାଲିକ ମନେକରନ୍ତି, ସେତେବେଳେ ନିରପେକ୍ଷ ଖବରକାଗଜ ପ୍ରଜାତନ୍ତ୍ର ପ୍ରଶାସନକୁ ଚେତାଇ ଦିଏ ଭାରତ ପରି ଏକ ଗଣତାନ୍ତ୍ରିକ ରାଷ୍ଟ୍ରରେ ନେତା, ମନ୍ତ୍ରୀ, ଅଫିସର ମାନେ ଜନତାର ସେବକ ହୋଇଥାନ୍ତି ଏବଂ ପ୍ରକୃତରେ ଜନତା ହିଁ ସର୍ବଶକ୍ତିମାନ , ଏହାର ଅର୍ଥ ଆମ ଦେଶର ସମସ୍ତ ଭୋଟର ଅଖଣ୍ଡ କ୍ଷମତାର ଅଧିକାରୀ ।

ନିଜର ଖଣ୍ଡିଏ ଭୋଟ ମାଧ୍ୟମରେ ସରକାର ପରିବର୍ତ୍ତନ କରିବାର କ୍ଷମତା ଜନସାଧାରଣଙ୍କ ପାଖରେ ରହିଛି । ଡ଼କ୍ଟର ହରେକୃଷ୍ଣ ମହତାବଙ୍କର ମୁଖ୍ୟ ଲକ୍ଷ୍ୟ ଥିଲା ଆମ ଦେଶର ସମସ୍ତ ଲୋକଙ୍କୁ ଆତ୍ମନିର୍ଭରଶୀଳ କରାଇବା । ତାଙ୍କର ମତ ଥିଲା ଭାରତ ପରି ବିଶାଳ ଦେଶରେ ସମସ୍ତେ ଆତ୍ମନିର୍ଭରଶୀଳ ହେବା ଉଚ଼ିତ । ତାଙ୍କର ଏହି ଆହ୍ୱାନ ଆଜି ପ୍ରତ୍ୟେକ ଭାରତୀୟଙ୍କ ପାଖରେ ପହଂଚ଼ିପାରିଛି । ଜୀବନର ପ୍ରତ୍ୟେକ ମୁହୂର୍ତ ସେ ଦେଶ ପାଇଁ ଚ଼ିନ୍ତା କରିଛନ୍ତି ।ତାଙ୍କ ପାଇଁ ରାଷ୍ଟ୍ର ସର୍ବାଗ୍ରେ । ବାଲେଶ୍ୱର ଜିଲ୍ଲାରେ ଚେୟାରମ୍ୟାନ ଦାୟିତ୍ୱରେ ଥିବାବେଳେ ସେ ଅସହଯୋଗ ଆନ୍ଦୋଳନରେ ଯୋଗଦେଇ ବିଦେଶୀ ପୋଷାକକୁ ବିରୋଧ କରିଥିଲେ । ୧୯୩୦ରେ ସେ ଲବଣ ସତ୍ୟାଗ୍ରହରେ ଯୋଗଦେଇ ଜେଲ୍ ଯାଇଥିଲେ । ଏକ ନୂତନ ଓଡିଶା ଗଠନ ଦିଗରେ ତାଙ୍କର ମହତ୍ତ୍ୱପୂର୍ଣ୍ଣ ଭୂମିକା ରହିଥିଲା । ସର୍ଦ୍ଦାର ବଲ୍ଲଭଭାଇଙ୍କ ଆହ୍ୱାନ ଏବଂ ଡ଼କ୍ଟର ହରେକୃଷ୍ଣ ମହତାବଙ୍କ ସହଯୋଗ ଦ୍ୱାରା ଓଡିଶାର ୨୬ଟି ଗଡ଼ଜାତ ରାଜ୍ୟ ଓଡିଶାରେ ମିଶ୍ରଣ ହୋଇଥିଲା । ତାଙ୍କ ରଚ଼ିତ ‘ଗାଁ ମଜଲିସ୍‘ ଲେଖା ପାଇଁ ତାଙ୍କୁ କେନ୍ଦ୍ରୀୟ ସାହିତ୍ୟ ଏକାଡେମୀ ପୁରସ୍କାର ମିଳିଥିଲା । ଏଥିସହ ଇଂରାଜୀ ପତ୍ରିକା ‘ ଦ ଇଷ୍ଟର୍ଣ୍ଣ ଟାଇମସର୍‘ ସେ ସମ୍ପାଦକ ଥିଲେ । ସେ ଓଡିଶାର ମୁଖ୍ୟମନ୍ତ୍ରୀ ଭାବେ ୨ଥର ନିର୍ବାଚ଼ିତ ହୋଇଥିଲେ । ପାଖାପାଖି ସାତବର୍ଷ ଧରି ସେ ମୁଖ୍ୟମନ୍ତ୍ରୀ ଭାବେ ସେ ଦାୟିତ୍ୱ ନିର୍ବାହ କରିଥିଲେ । ସେ ମୁଖ୍ୟମନ୍ତ୍ରୀ ଥିବା ସମୟରେ ଓଡିଶାର ଅନେକ ଜନମୁଖୀ ପ୍ରଜେକ୍ଟରେ ତାଙ୍କର ଉଲ୍ଲେଖନୀୟ ଭୂମିକା ରହିଥିଲା । ହୀରାକୁଦ ଡ୍ୟାମ ନିର୍ମାଣରେ ତାଙ୍କର ପ୍ରମୁଖ ଭୂମିକା ରହିଥିଲା । କଟକ ଆକାଶବାଣୀ କେନ୍ଦ୍ରର ପ୍ରତିଷ୍ଠାତା ଭାବେ ସେ ଚ଼ିରପରିଚ଼ିତ । ବାରବାଟୀ ଷ୍ଟାଡିଅମ ନିର୍ମାଣରେ ତାଙ୍କର ମୁଖ୍ୟ ଭୂମିକା ରହିଥିଲା । ଓଡିଶାର ରାଜଧାନୀ କଟକରୁ ଭୁବନେଶ୍ୱରକୁ ସ୍ଥାନନ୍ତରିତ କରିବାରେ ତାଙ୍କର ଉଲ୍ଲେଖନୀୟ ଅବଦାନ ରହିଥିଲା । ଡ଼କ୍ଟର ହରେକୃଷ୍ଣ ମହତାବ ଏକାଧାରରେ ଜଣେ ସ୍ୱାଧୀନତା ସଂଗ୍ରାମୀ, ଐତିହାସିକ ଆଦର୍ଶ ମୁଖ୍ୟମନ୍ତ୍ରୀ, ସାହିତ୍ୟପ୍ରେମୀ, ସମ୍ପାଦକ, ଦକ୍ଷ ପ୍ରଶାସକ ଏବଂ ସର୍ବଗୁଣସମ୍ପନ୍ନ ବ୍ୟକ୍ତିତ୍ୱ ଥିଲେ । ରାଜନୀତିର ସଂକୀର୍ଣ୍ଣ ସୀମାକୁ ଅତିକ୍ରମ କରି ଜଣେ ରାଷ୍ଟ୍ରପୁରୁଷ, ମହାନ ଜନନାୟକ ଭାବରେ ସେ ନିଜକୁ ପ୍ରତିଷ୍ଠିତ କରିପାରିଥିଲେ । ସଂଘର୍ଷ ମଧ୍ୟ ଦେଇ ତାଙ୍କର ବ୍ୟକ୍ତିତ୍ୱ ଗଢି ଉଠିଥିବାରୁ ସେ ଥିଲେ ଯଥାର୍ଥରେ ବୀରପୁରୁଷ ଓ ନିର୍ଭୀକ । ନବ ଉତ୍କଳର ଅନେକ ପ୍ରଥମଙ୍କ ଭିତରେ ସେ ପ୍ରଥମ । ଗଣତନ୍ତ୍ରକୁ କଳଙ୍କମୁକ୍ତ କରିବା ଓ ରାଜନୀତିକୁ ନିଷ୍ଠାପର ଭାବରେ ଲୋକାଭିମୁଖୀ କରାଇବା, ସମାଜରୁ ଯାବତୀୟ ଜଡ଼ତା ଓ କୁସଂସ୍କାରକୁ ଦୂରେଇ ଦେବା, ସାହିତ୍ୟକୁ ସମାଜ ଅଭିମୁଖୀ କରାଇବା ଏପରି ଅନେକ ଉଲ୍ଲେଖନୀୟ ସଂସ୍କାରମୂଳକ କାର୍ଯ୍ୟକ୍ରମ ଭିତରେ ସେ ନିଜକୁ ଅବିରତ କର୍ମମୁଖର କରି ରଖିଥିଲେ ।

ହରେକୃଷ୍ଣ ମହତାବ ଏପରି ଜଣେ ସ୍ୱାଧୀନତା ସଂଗ୍ରାମୀ ଓ ଆଦର୍ଶ ରାଜନେତା ଯିଏ ବାରମ୍ବାର ଜେଲ ଯାଇ ମଧ୍ୟ ଭାଙ୍ଗିପଡି ନାହାନ୍ତି । ଘାତ ପ୍ରତିଘାତ ବିଭିନ୍ନ ପ୍ରତିକୂଳ ପରିସ୍ଥିତି ଦେଇ ସେ ଗତି କରିଛନ୍ତି । ତାଙ୍କ ବିରୋଧରେ ଅନେକ ଷଡ଼ଯନ୍ତ୍ର କରାଯାଇଛି, କମିଶନ ବସାଯାଇଛି କିନ୍ତୁ ସେ ସାହସର ସହିତ ମହାଭାରତର ଅଭିମନ୍ୟୁ ପରି ଏକାକୀ ତାର ମୁକାବିଲା କରିଛନ୍ତି । ରାଜନୀତି ଓ ପ୍ରଶାସନର ଘୂର୍ଣ୍ଣି ଭିତରେ ଜୀବନ ଅତିବାହିତ କରି ମଧ୍ୟ ସେ ବାଛି ନେଇଥିଲେ ସାହିତ୍ୟ ଓ ସାମ୍ବାଦିକତାକୁ । ଉଭୟକୁ ସେ ସମାଜ ଓ ରାଷ୍ଟ୍ର ଗଠନରେ ଦୁଇଟି ଅବ୍ୟର୍ଥ ଅସ୍ତ୍ର ରୂପେ ବିବେଚ଼ନା କରୁଥିଲେ । ଅସହଯୋଗ ଆନ୍ଦୋଳନ, କନିକା ରାଜ ଅତ୍ୟାଚ଼ାର ଓ ଲବଣ ସତ୍ୟାଗ୍ରହ ଏହି ଘଡିସନ୍ଧି ମୁହଁର୍ତ୍ତରେ ପ୍ରଜାତନ୍ତ୍ର ଖବରକାଗଜ ହୋଇଥିଲା ଜନଜାଗରଣର ଏକ ବଳିଷ୍ଠ ମାଧ୍ୟମ । ‘ ଗାଁ ମଜଲିସ୍‘ ଡ଼କ୍ଟର ହରେକୃଷ୍ଣ ମହତାବଙ୍କ ପରିପକ୍ୱ ଚ଼ିନ୍ତା ଓ ଚେତନାର ସାବଲୀଳ ପରିପ୍ରକାଶ । ୧୯୫୦ମସିହାରୁ ୧୯୮୬ମସିହା ପ୍ରଯ୍ୟନ୍ତ ‘ପ୍ରଜାତନ୍ତ୍ର‘ ପୃଷ୍ଠାମଣ୍ଡନ କରି ଏହା ଓଡିଶାର କୋଣ ଅନୁକୋଣରେ ଜନସାଧାରଣଙ୍କ ନିକଟରେ ପ୍ରିୟଭାଜନ ହୋଇପାରିଥିଲା । ସାମାଜିକ ରାଜନୀତିକ,ପ୍ରଶାସନିକ, ସାଂସ୍କୃତିକ, ଆର୍ଥନୀତିକ, ରାଷ୍ଟ୍ରୀୟ,ଧର୍ମୀୟ, କୃଷି, କୁସଂସ୍କାର ଏହିପରି ଅନେକ ସମସ୍ୟା ଏବଂ ତାର ସରଳ ସମାଧାନ ଓ ସେଥିରେ ସାଧାରଣ ଲୋକଙ୍କ ଭୂମିକାକୁ ଡ଼କ୍ଟର ହରେକୃଷ୍ଣ ମହତାବ ଏପରି ସୁନ୍ଦର ଭାବରେ ପରିସ୍ଫୁଟନ କରିଥିଲେ , ଯାହା ଚ଼ଳିତ ଚ଼ାରି ଦଶନ୍ଧି ଧରି ହୋଇଯାଇଛି ଏକ ଧାରାବାହିକ ଇତିହାସ । ଏକବିଂଶ ଶତାବ୍ଦୀର ସମସ୍ତ ରାଜନେତା କାଦୁଅଫିଙ୍ଗା ଶସ୍ତା ରାଜନୀତି ଏବଂ ନିଜର କ୍ଷମତା ଲାଳସାରୁ ନିବୃତ ରହି ମହାନ ରାଜନେତା ଡ଼କ୍ଟର ହରେକୃଷ୍ଣ ମହତାବଙ୍କ ଜୀବନ ଆଦର୍ଶରେ ଅନୁପ୍ରାଣିତ ହୋଇ କାର୍ଯ୍ୟ କରିବାର ସମୟ ଆସିଛି, ଯାହା ଫଳରେ ଆମ ରାଜ୍ୟ ତଥା ରାଷ୍ଟ୍ର ବିଶ୍ୱର ସର୍ବଶ୍ରେଷ୍ଠ ରୂପେ ପରିଗଣିତ ହେବ ।

*ଗୋପାଳପୁର, ବାଲେଶ୍ୱର*

# ପରମହଂସ ପ୍ରଜ୍ଞାନାନନ୍ଦ

ହେମନ୍ତ କୁମାର ପରିଡ଼ା

ସାଧୁସନ୍ଥମାନେ ହେଉଛନ୍ତି ଯୁଗେ ଯୁଗେ ଆତ୍ମମାନଙ୍କର ମାର୍ଗଦର୍ଶକ ତଥା ଏ ଧରଣୀର ଆଶୀର୍ବାଦ । ସେମାନେ ତାଙ୍କର ସତ୍ ସଂକଳ୍ପ, ସତ୍ ଚିନ୍ତନ ଓ ସତକର୍ମ ଦ୍ୱାରା ସାରା ସଂସାରର ଅଶେଷ କଲ୍ୟାଣ ସାଧନ କରିଥାଆନ୍ତି । ଏହିଭଳି ଜଣେ ସତ୍‌ପୁରୁଷ ହେଉଛନ୍ତି ବିଶ୍ୱବିଦିତ କ୍ରିୟାଯୋଗୀ ପରମହଂସ ପ୍ରଜ୍ଞାନାନନ୍ଦଜୀ ମହାରାଜ । ତାଙ୍କର ଜନ୍ମ ଓ କର୍ମରେ ଦିବ୍ୟତା ତାଙ୍କୁ ମହାମାନବ କରିବା ସହିତ ବିଶ୍ୱବିଦିତ କରିଛି ।

କେନ୍ଦ୍ରାପଡ଼ା ଜିଲ୍ଲାର ପଟ୍ଟାମୁଣ୍ଡାଇ ସନ୍ନିକଟ ବେଲତଳ ଗ୍ରାମର ବନ୍ଧପଡ଼ା ଠାରେ ୧୯୫୯ ମସିହା ଅଗଷ୍ଟ ୧୦ ତାରିଖ ଦିନ ତାଙ୍କର ଜନ୍ମ । ପବିତ୍ର ଶ୍ରାବଣମାସ ଶୁକ୍ଳ ସପ୍ତମୀର ଏକ ଶ୍ରାବଣୀ ସକାଳେ ସେ ମାତା ବୈଦେହୀ ଦେବୀଙ୍କ କୋଳ ମଣ୍ଡନ କରିଥିଲେ । ପିତା ହେଉଛନ୍ତି ଶ୍ରୀ ନିରଞ୍ଜନ ଦାଶ । କୁଳୀନ ଅଧିକାରୀ ବ୍ରାହ୍ମଣ ପରିବାର । ଜନ୍ମର କିଛି ଦିନ ପୂର୍ବରୁ ଜଣେ ସନ୍ନ୍ୟାସୀ ଆସି ତାଙ୍କ ମାଙ୍କୁ କହିଥିଲେ ‘ମା’ ତୁମ କୋଳରେ ଜଣେ ମହାତ୍ମା ଆସୁଛନ୍ତି । ସେ ଏ ବିଶ୍ୱର ଗୁରୁ ହୋଇ ବହୁଲୋକଙ୍କୁ ଦିବ୍ୟ ମାର୍ଗ ପ୍ରଦର୍ଶନ କରିବେ । ସନ୍ନ୍ୟାସୀଙ୍କ କଥା ସତ୍ୟ ହେଲା । ଉପଯୁକ୍ତ ସମୟରେ ପୁତ୍ର ସନ୍ତାନଟିଏ ଜନ୍ମ ଲାଭ କଲେ । ସନ୍ନ୍ୟାସୀଙ୍କ ଭବିଷ୍ୟ ବାଣୀକୁ ସମ୍ମାନ ଜଣାଇ ପିଲାଟିର ନାମ ରଖାଗଲା ତ୍ରିଲୋକୀ । ଗ୍ରାମ୍ୟ ପାଠଶାଳାରୁ ପଟ୍ଟାମୁଣ୍ଡାଇ ଉଚ୍ଚ ବିଦ୍ୟାଳୟ, କେନ୍ଦ୍ରାପଡ଼ା ମହାବିଦ୍ୟାଳୟ ଓ ପରେ ପରେ ରେଭେନ୍ସା ମହାବିଦ୍ୟାଳୟରୁ ଅର୍ଥଶାସ୍ତ୍ରରେ ସ୍ନାତକ ଓ ସ୍ନାତକୋତ୍ତର ଶିକ୍ଷା ସମାପ୍ତ କରିଥିଲେ । ଅର୍ଥନୀତିର ଜଣେ ଅଧ୍ୟାପକ ଭାବେ ରେଭେନ୍ସା ମହାବିଦ୍ୟାଳୟ ସମେତ କେତକ ସରକାରୀ କଲେଜରେ ଅଧ୍ୟାପନା କରିଥିଲେ । ସେ ଥିଲେ ଅତ୍ୟନ୍ତ ମେଧାବୀ, ମଧୁରଭାଷୀ, ଛାତ୍ରପ୍ରିୟ ଓ ବନ୍ଧୁବତ୍ସଳ । ଜଣେ ଦକ୍ଷ୍ୟ ଅଧ୍ୟାପକ ଭାବେ ତାଙ୍କର ସୁନାମ ଥିଲା ।

ପିଲାଟି ଦିନରୁ ତାଙ୍କ ଭିତରେ ବୈରାଗ୍ୟଭାବ ପରିଲକ୍ଷିତ ହୋଇଥିଲା । ସାଧୁ ସନ୍ଥଙ୍କୁ ଦେଖିଲେ ସେ ଅତ୍ୟନ୍ତ ଆନନ୍ଦ ଅନୁଭବ କରୁଥିଲେ । ସେମାନଙ୍କ ସେବା ପାଇଁ ଆବଶ୍ୟକ ହେଲେ ଛୁଟି ନେଇ ସେମାନଙ୍କ ସହ ସମୟ ବିତାଉଥିଲେ । ଯେତେବେଳେ ସମୟ ପାଉଥିଲେ ହିମାଳୟ ପଳାଉଥିଲେ । ମା’ଗଙ୍ଗାଙ୍କ କୂଳରେ ରହି ଜପଧ୍ୟାନ, ସ୍ୱାଧ୍ୟାୟ ଓ ତପସ୍ୟାରେ ସମୟ ଅତିବାହିତ କରିଥିଲେ । ଗୁରୁଙ୍କ ଅନୁସନ୍ଧାନରେ ସେ ସାରା ଭାରତ ଭ୍ରମଣ କରିଛନ୍ତି । ଶେଷରେ କ୍ରିୟାଯୋଗ ଧାରାର ମହାନ ସନ୍ଥ ପରମହଂସ ହରିହରାନନ୍ଦଙ୍କ ପାଦତଳେ ନିଜକୁ ସମର୍ପି ଦେଇଥିଲେ । ଗୁରୁଙ୍କ ନିର୍ଦ୍ଦେଶକ୍ରମେ ଚାକିରି ପଦପଦବୀ ତ୍ୟାଗକରି ସେ କ୍ରିୟାଯୋଗର ପ୍ରଚାର ପାଇଁ ବିଦେଶ ଯାତ୍ରା କରିଥିଲେ । ୧୯୯୫ ମସିହା ଏପ୍ରିଲ ୨୫ ତାରିଖ ଦିନ ଶ୍ରୀଗୁରୁଙ୍କ ଠାରୁ ପବିତ୍ର ସନ୍ନ୍ୟାସ ଦୀକ୍ଷା ଗ୍ରହଣ କରି ସେ ହେଲେ ସ୍ୱାମୀ ପ୍ରଜ୍ଞାନାନନ୍ଦ ଗିରି । ଏହି ନାମରେ ସେ ସେବେଠାରୁ ପରିଚିତ ହେଲେ । ନିଜର ଗଭୀର ଆତ୍ମ ପ୍ରତ୍ୟୟ ଓ ଦୃଢ଼ ସାଧନା ଯୋଗୁଁ ସେ ଗୁରୁଙ୍କର ବହୁପ୍ରିୟ ଓ ନିକଟ ମ ଶିଷ୍ୟ ଥିଲେ । ସାଧନାର ଗଭୀରତାକୁ ଲକ୍ଷ୍ୟ କରି ଗୁରୁଦେବ ହରିହରାନନ୍ଦ ଶିଷ୍ୟ ପ୍ରଜ୍ଞାନାନନ୍ଦ ଭିତରେ ସିଦ୍ଧିର ଅନେକ ଦିବ୍ୟ ଲକ୍ଷଣ ଦେଖିପାରିଥିଲେ । ତେଣୁ ତାଙ୍କର ୩୯ତମ ଜନ୍ମ ଉତ୍ସବ ପାଳନ ଅବସରରେ ସର୍ବ ସମକ୍ଷରେ ତାଙ୍କୁ ପରମହଂସ ଉପାଧିରେ ଭୂଷିତ କରିଥିଲେ । ପରମହଂସ ଅବସ୍ଥା ଆଧ୍ୟାତ୍ମ ଜଗତର ଏକ ଉଚ୍ଚତମ ସ୍ଥିତି । ମାତ୍ର ୩୯ ବର୍ଷରେ ପ୍ରଜ୍ଞାନାନନ୍ଦ ଏହି ସ୍ଥିତିରେ ପହଞ୍ଚି ପାରିଥିଲେ । ପରେ ପରମହଂସ ପ୍ରଜ୍ଞାନାନନ୍ଦ ଭାବେ ସେ ବିଶ୍ୱ ପ୍ରସିଦ୍ଧ ହେଲେ ।

ପ୍ରେମ, ପବିତ୍ରତା ଓ ପ୍ରଖର ପ୍ରଜ୍ଞାର ସେ ଜଣେ ମୂର୍ତ୍ତିମନ୍ତ ପ୍ରତୀକ । ଯେତିକି ବିଜୟୀ ସେତିକି ନମ୍ର ଓ ଧୀର । ସାଦ ସାହାସ୍ୟ ବଦନ । ନାମ ଗୁଣର ମଧୁର ସମନ୍ୱୟ ତାଙ୍କଠାରେ ଏକତ୍ର ଦେଖିବାକୁ ମିଳେ । ଜଗତର କଲ୍ୟାଣ ପାଇଁ ଦୁଃସ୍ଥ ଜନତାର ସେବା ପାଇଁ ସେ ଶତତ ଚେଷ୍ଟିତ । ତାଙ୍କ ସତ୍ ସଙ୍କଳ୍ପରୁ ଗଢ଼ି ଉଠିଛି ହରିହରାନନ୍ଦ ବାଳାଶ୍ରମ । ଯେଉଁଠାରେ ଅସହାୟ ନିସହାୟ ପିଲାମାନଙ୍କୁ ସାରା ଓଡ଼ିଶାରୁ ଖୋଜି ଖୋଜି ଅଣାଯାଇ ବିଦ୍ୟାଳୟରେ ସମସ୍ତ ସୁବ୍ୟବସ୍ଥା କରାଯାଇଥାଏ । ବାଳାଶ୍ରମ ଏକ ଉଚ୍ଚମାନର ଇଂରାଜୀ ମାଧ୍ୟମ ଆବାସିକ ବିଦ୍ୟାଳୟ । ଦେଶର ବହୁସ୍ଥାନରେ ସେ ଗଢ଼ିଛନ୍ତି ହରିହରାନନ୍ଦ ଦାତବ୍ୟ ଚିକିତ୍ସାଳୟ । ଯେଉଁଠାରେ ରୋଗୀ ମାନଙ୍କୁ ମାଗଣାରେ ଚିକିତ୍ସା ସହ ଔଷଧ ବିତରଣ କରାଯାଇଥାଏ । ଅନେକ କ୍ରିୟାଯୋଗ ଆଶ୍ରମ ଦେଶ ବିଦେଶରେ ପ୍ରତିଷ୍ଠା କରି ଲୋକମାନଙ୍କ ଭିତରେ ଶାନ୍ତି ଆନନ୍ଦ ଓ ଭାତୃଭାବର ପ୍ରତିଷ୍ଠା ପାଇଁ ଉଦ୍ୟମ କରିଛନ୍ତି । ହରିହରାନନ୍ଦ ଗୁରୁକୁଳମ୍ ହେଉଛି ଏକ ଅପୂର୍ବ ଆଧ୍ୟାତ୍ମ ସାଧନା କେନ୍ଦ୍ର । ଏକ ସୁନ୍ଦର ମନୋରମ ଆଶ୍ରମ । ପୁରୀ କୋଣାର୍କ ବେଳାମାର୍ଗର ପୂର୍ବ ପାର୍ଶ୍ୱରେ ଅବସ୍ଥିତ ଏହି ଆଶ୍ରମ ଦର୍ଶନ ପାଇଁ ଟିକିଏ ବିଶ୍ରାମ ପାଇଁ ବିଶ୍ୱର ବିଭିନ୍ନ ପ୍ରାନ୍ତରୁ ଶ୍ରଦ୍ଧାଳୁ ବ୍ୟକ୍ତିମାନେ ଧାଇ ଆସୁଛନ୍ତି ।

ପ୍ରଜ୍ଞାନାନନ୍ଦଜୀ ଜଣେ ବହୁଭାଷାବିତ୍ ଶାସ୍ତ୍ରଜ୍ଞ ବିଦ୍ୱାନ । ବିଶ୍ୱର ବହୁଧର୍ମ ଦର୍ଶନ ଉପରେ ତାଙ୍କର ଗଭୀର ପ୍ରବେଶ ଅଛି । ସାରା ବିଶ୍ୱ ଭ୍ରମଣ କରି ସେ ବଡ଼ ବଡ଼ ବିଶ୍ୱବିଦ୍ୟାଳୟ ଓ ପ୍ରଖ୍ୟାତ ପୀଠମାନଙ୍କରେ ଧର୍ମ, ଦର୍ଶନ, ଯୋଗ ଓ ସଂସ୍କୃତି ଉପରେ ତାଙ୍କର ବକ୍ତୃତା ପ୍ରଦାନ କରିଛନ୍ତି । ବିଶ୍ୱଧର୍ମ ସମ୍ମିଳନୀରେ ପ୍ରବଚନ ଦେଇ ଉପସ୍ଥିତ ବିଶ୍ୱବନ୍ଦ୍ୟ ବ୍ୟକ୍ତିମାନଙ୍କୁ ମୁଗ୍ଧ କରିଦେଇଥିଲେ । ତାଙ୍କ ଲିଖିତ ଶତାଧିକ ପୁସ୍ତକ ଏବେ ବିଶ୍ୱର ମୁମୁକ୍ଷୁ ସାଧକ ମାନଙ୍କୁ ମାର୍ଗଦର୍ଶନ ଦେଉଛି । ହିନ୍ଦୁ ଧର୍ମର ଜଣେ ପ୍ରବକ୍ତା ହୋଇଥିଲେ ମଧ୍ୟ ସବୁ ଧର୍ମକୁ ସମାନ ସମ୍ମାନ ପ୍ରଦର୍ଶନ କରି ଜଣେ ସର୍ବଜନପ୍ରିୟ ସନ୍ଥ ଭାବେ ସର୍ବତ୍ର ପରିଚିତ । ସେ ଅତ୍ୟନ୍ତ ଜଗନ୍ନାଥ ପ୍ରେମୀ । ଜଗନ୍ନାଥଙ୍କ ପ୍ରତି ତାଙ୍କର ଅହେତୁକ ଭକ୍ତି । ପୃଥିବୀର ଯେ କୌଣସି ପ୍ରାନ୍ତରେ ଥିଲେ ମଧ୍ୟ ଶ୍ରୀଜଗନ୍ନାଥଙ୍କ ବିଶେଷ ଉତ୍ସବ ମାନଙ୍କରେ ସେ ପୁରୀ ଫେରି ଆସି ପ୍ରଭୁଙ୍କ ଦର୍ଶନରେ ନିଯୁକ୍ତ ଥାଆନ୍ତି । ଗୋମାତା ବିଶ୍ୱ ଅର୍ଥନୀତିର ମୂଳ ଉତ୍ସ । ଗୋ ସମୃଦ୍ଧିରେ ବିଶ୍ୱର ସମୃଦ୍ଧି ଓ ସୁରକ୍ଷା । ତେଣୁ ଗୋ ସମ୍ପଦର ଉନ୍ନତି ପାଇଁ ବହୁ ଉନ୍ନତିମୂଳକ ପ୍ରକଳ୍ପ ହାତକୁ ନେଇ କାର୍ଯ୍ୟ କରୁଛନ୍ତି । ତାଙ୍କର ସଂକଳ୍ପ ଅଛି ଆଗାମୀ ଦିନରେ ଶ୍ରୀ ମନ୍ଦିର ନୀତିରେ ଲାଗୁଥିବା ସମସ୍ତ ଅଶୁଦ୍ଧ ଘୃତ ପରିହାର କରି କେବଳ ଶୁଦ୍ଧ ଗୋଘୃତରେ ନୀତି ବ୍ୟବସ୍ଥା ପାଇଁ । ଜଗନ୍ନାଥ ତାଙ୍କର ପ୍ରାଣ । ଆଜି ତାଙ୍କର ପବିତ୍ର ଜନ୍ମ ଉତ୍ସବ ଅବସରରେ ଆମେ ସମସ୍ତେ ଶୁଭକାମନା ଜଣାଇବା ସହିତ ତାଙ୍କର ଦୀର୍ଘ ନିରାମୟ ଜୀବନ କାମନା କରୁଛୁ ।

*ମାଳତୀ କୁଞ୍ଜ, ପ୍ଲଟ ନଂ. ୫୨୬/ଡି,*
*ସେକ୍ଟର-୧୦, ସିଡ଼ିଏ, କଟକ-୧୪,*
*ଦୂରଭାଷ : ୮୭୬୩୧୦୭୧୨୬*

# ବାଂଲା ହାସିନା ଯୁଗର ଅବସାନ



ସୌଭାଗ୍ୟ ରଂଜନ ମହାନ୍ତି(ରାଜା)

ଦେଶର ଯୁବଗୋଷ୍ଠୀର ରୋଷର ଶିକାର ହୋଇ ବଙ୍ଗଳା ଦେଶର ପ୍ରଧାନମନ୍ତ୍ରୀ ଶେଖ ହାସିନା ଦେଶ ଛାଡି ଚାଲିଯିବାକୁ ବାଧ ହେବା ଦେଶର ରାଜନୈତିକ ଇତିହାସରେ ଏକ ନୂତନ ଅଧ୍ୟାୟର ଆରମ୍ଭ ବୋଲି କୁହାଯାଇପାରିବ। ତେବେ ବଙ୍ଗଳା ଦେଶର ରାଜନୈତିକ ଇତିହାସରେ ରାଜନୈତିକ ଅସ୍ଥିରତା, ସାମରିକ ବିଦ୍ରୋହ, ଅଶାନ୍ତି କିଛି ନୂଆ ନୁହେଁ। ୧୯୭୧ ମସିହାରେ ବଙ୍ଗଳାଦେଶ ଏକ ସ୍ୱାଧୀନ, ସାର୍ବଭୌମତ୍ୱ ଗଣତାନ୍ତ୍ରୀକ ରାଷ୍ଟ୍ରରେ ପରିଣତ ହେବା ପରେ ଗତ ୫୩ବର୍ଷର ଇତିହାସରେ ଦେଶ ବହୁବାର ସାମରିକ ବିଦ୍ରୋହ ଦ୍ୱାରା ସେନା ଶାସନର ସମ୍ମୁଖୀନ ହୋଇଛି। ଏପରିକି ବଙ୍ଗଳାଦେଶର ପ୍ରତିଷ୍ଠାତା ଶେଖ ମୁଜିବୁର ରହେମାନଙ୍କୁ ପରିବାରର ୪ଜଣ ସଦସ୍ୟଙ୍କୁ ବିଦ୍ରୋହ ଦ୍ୱାରା ହତ୍ୟା କରିଥିଲେ, ଯେଉଁଥିରୁ ହାସିନା ଏବଂ ତାଙ୍କ ଭଉଣୀ ଭାରତରେ ଥିବାରୁ ଅଳ୍ପକେ ବର୍ତିଯାଇ ଥିଲେ। କିନ୍ତୁ ଦେଶରୁ କ୍ଷମତାରେ ଥିବା ଜଣେ ପ୍ରଧାନମନ୍ତ୍ରୀ ଦେଶ ଛାଡି ଚାଲିଯିବା ବା ସେନା ଦ୍ୱାରା ବିତାଡିତ ହେବା ଦେଶରେ ପ୍ରଥମ ଘଟଣା। ଶେଷ ହାସିନାଙ୍କ ୧୫ବର୍ଷର ଶାସନରେ କେବଳ ଅବସାନ ଘଟି ନାହିଁ, ଅୱାମୀ ଲିଗ୍ ଦଳର ଯୁଗ ଶେଷ ହୋଇଛି ବୋଲି କୁହାଯାଇଛି। ଏହା ନିସନ୍ଦେହରେ ଶେଖ ହାସିନା ନିଜ ଗୋଡରେ ନିଜ କୁରାଢୀ ହାଣିଛନ୍ତି। ଗତ ୨୦୦୮ ରୁ ୨୦୨୪ ମଧ୍ୟରେ ଲଗାତାର ୧୫ବର୍ଷର ଶାସନ କାଳରେ ବାଂଲାର ଅର୍ଥନୀତି ସମେତ ବିଭିନ୍ନ କ୍ଷେତ୍ରରେ ବିକାଶ ଲାଭ କରିଛି। ଏପରିକି ୨୦୨୬ ସୁଦ୍ଧା ବିକଶିତ ରାଷ୍ଟ୍ର ଗୋଷ୍ଠୀରେ ସାମିଲ ହେବା ଅଭିମୁଖେ ଅଗ୍ରସର ହେଉଥିଲା। କେବଳ ଏତିକି ନୁହେଁ, ଦକ୍ଷିଣ ଏସିଆ ମହାଦେଶରେ ବାଂଲା ଏକ ଏସିଆନ ଷ୍ଟାର ଭାବେ ନିଜକୁ ପ୍ରତିଷ୍ଠିତ କରିବାକୁ ସମର୍ଥ ହୋଇଥିଲା। କିନ୍ତୁ ଦେଶରେ ବେକାରୀ ସମସ୍ୟା ବୃଦ୍ଧି ସାଙ୍ଗକୁ ବିଭିନ୍ନ ଅତ୍ୟାବଶ୍ୟକୀୟ ସାମଗ୍ରୀର ଦରବୃଦ୍ଧି, ଯାହାକି ତାଙ୍କ ଶାସନ ପତନର ମୁଖ୍ୟକାରଣ ହୋଇଛି। ବେକାରୀ ସମସ୍ୟା ଏବଂ ଦେଶର ସଂରକ୍ଷଣ ବ୍ୟବସ୍ଥାର ଉଚ୍ଛେଦ ଲାଗି ଗତ ଏକ ମାସରୁ ଉର୍ଦ୍ଧ୍ୱ ଧରି ଲାଗି ରହିଥିବା ଛାତ୍ର, ଯୁବ ଆନ୍ଦୋଳନ ଶେଷରେ ଗଣ ଆନ୍ଦାଳନରେ ପରିଣତ ହୋଇଥିଲା। ଯେଉଁଥିରେ ୨୦୦ରୁ ଉର୍ଦ୍ଧ୍ୱ ଛାତ୍ର, ଯୁବକ, ନିରୀହ ନାଗରିକ ଏବଂ ସୁରକ୍ଷା କର୍ମୀଙ୍କ ଜୀବନ ଯାଇଛି। ଶେଷରେ ମଧ୍ୟ ଦେଶର ସେନା ଆନ୍ଦୋଳନକୁ ସମର୍ଥକ କରିବା ସହ ୪୫ ମିନିଟ୍ ମଧ୍ୟରେ ଦେଶଛାଡି ଚାଲିଯିବା ଲାଗି ସେନାମୁଖ୍ୟ ନିର୍ଦ୍ଦେଶ ଦେଇଥିଲେ। କହିବା ବାହୁଲ୍ୟ ଯେ, ୨୦୦୮ରୁ ଲଗାତାର କ୍ଷମତାସୀନ ଥିବା ହାସିନାଙ୍କ ସମୟରେ ୨୦୧୪, ୨୦୧୮ ଏବଂ ୨୦୨୪ର ନିର୍ବାଚନ ବିବାଦ ମୁକ୍ତ ନଥିଲା। ୨୦୨୪ ନିର୍ବାଚନରେ ବ୍ୟାପକ ଜାଲିଆତି ହୋଇଥିବା ଅଭିଯୋଗ ଉଠିଥିଲା। ଏଥି ସହ ତାଙ୍କର କେତେକ ବିବାଦୀୟ ନୀତି ଏବଂ ଏକଛତ୍ରବାଦୀ ଆଭିମୁଖ୍ୟ ତାଙ୍କର ଲୋକପ୍ରିୟତାକୁ ହ୍ରାସ କରିଥିଲା। ୨୦୧୮ ମସିହାରେ ଏକ କଳା ଆଇନ ଦ୍ୱାରା ଗଣମାଧ୍ୟମ, ସାମାଜିକ ଗଣମାଧ୍ୟର କଣ୍ଠରୋଧ କରିବା ସହ ସ୍ୱାଧୀନ ମତବାଦ ଉପରେ ଅଙ୍କୁଶ ଲଗାଇଥିଲେ। କେବଳ ଏତିକି ନୁହେଁ, ବିକ୍ଷୋଭ, ପ୍ରତିବାଦ ନିଷିଦ୍ଧ କରିବା ସହ ବିରୋଧି ଦଳକୁ ମଧ୍ୟ ଏକ ପ୍ରକାର ନିସ୍ତେଜ କରିଦେଇଥିଲେ। ଯାହାକି ତାଙ୍କ ବିରୁଦ୍ଧରେ ଜନତାଙ୍କ କ୍ରୋଧକୁ ତେଜିୟାନ କରିଥିବାବେଳେ ମହାମାରୀ କରୋନା, ୟୁକ୍ରେନ ରୁଷ ଯୁଦ୍ଧ ଯୋଗୁଁ ଦେଶର ଅର୍ଥନୀତି ମାନ୍ଦାଗସ୍ତ ହେବା ସହ ବିଭିନ୍ନ ଅତ୍ୟାବଶ୍ୟକୀୟ ଖାଦ୍ୟ ସାମଗ୍ରୀର ମୂଲ୍ୟବୃଦ୍ଧି ସାଙ୍ଗକୁ ବେକାରୀ ବୃଦ୍ଧି ତାଙ୍କ ଶାସନ ବିରୁଦ୍ଧରେ ଜନମତକୁ ଜାଗ୍ରତ କରିଥିଲା। ବାଂଲା ସ୍ୱାଧୀନତା ଆନ୍ଦୋଳନରେ ମୃତକଙ୍କ ପରିବାରକୁ ସରକାରୀ ଚାକିରୀରେ ଦିଆଯାଇଥିବା ୩୦ ପ୍ରତିଶତ ସଂରକ୍ଷଣ ଉଚ୍ଛେଦ ଦାବିରେ ଦେଶବ୍ୟାପୀ ଛାତ୍ର, ଯୁବକ ତୀବ୍ରତର ହୋଇଥିଲା। ତେବେ ସୁପ୍ରିମକୋର୍ଟ ସ୍ୱାଧୀନତା ସଂଗ୍ରାମୀ ପରିବାରକୁ ୫ ପ୍ରତିଶତ ଏବଂ ଭିନ୍ନକ୍ଷମଙ୍କ ପାଇଁ ୨ ପ୍ରତିଶତ ସଂରକ୍ଷଣ ଧାର୍ଯ୍ୟ କରିବା ପରେ ଆନ୍ଦୋଳନ ସମ୍ପୂର୍ଣ୍ଣ ଥମି ଯାଇଥିବା ବେଳେ ସପ୍ତାହକ ପରେ ପୁଣି ଉଗ୍ରରୂପ ନେବା ପଛରେ ଦେଶବିରୋଧି ଶକ୍ତି ତଥା ମୌଳବାଦୀ, ଆତଙ୍କବାଦୀ, ପାକିସ୍ଥାନ ଗୁଇନ୍ଦା ସଂସ୍ଥା ଆଇଏସଆଇ ଏବଂ ଚୀନର ଷଡଯନ୍ତ୍ରକୁ ଅସ୍ୱୀକାର କରାଯାଇନପାରେ। ଉଲ୍ଲେଖଯୋଗ୍ୟ ଭାରତ ସହ ହାସିନାଙ୍କର ସମ୍ପର୍କ ନିବିଡ ଥିଲା। ଦୁଇଦେଶ ମଧ୍ୟରେ ଦ୍ୱିପାକ୍ଷିକ ସୁସମ୍ପର୍କ ପାଇଁ ବହୁ ଚୁକ୍ତି ସ୍ୱାକ୍ଷରିତ ହୋଇଥିବାବେଳେ ଏବେ ବହୁ ପ୍ରକଳ୍ପର କାର୍ଯ୍ୟ ଭାରତ ସହାୟତାରେ ବଙ୍ଗଳାଦେଶରେ ଚାଲିଛି। ବାଂଲା ସହ ଭାରତର ସମ୍ପର୍କ ଏତେ ନିବିଡ ଥିଲା ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ତୃତୀୟ ପାଳିରେ ହାସିନା ପ୍ରଥମ ରାଷ୍ଟ୍ରମୁଖ୍ୟ ଭାବେ ଭାରତକୁ ଆମନ୍ତ୍ରିତ ହୋଇଥିଲେ। ଏବେ ବଙ୍ଗଳାଦେଶରେ ରାଜନୈତିକ ଅସ୍ଥିରତା ଏବଂ ମୌଳବାଦୀ ସକ୍ରୀୟ ହେବା ଭାରତ ପାଇଁ ଚିନ୍ତାର କାରଣ ହୋଇଛି। କହିବା ବାହୁଲ୍ୟ ଯେ, ଗତ ୪ବର୍ଷ ମଧ୍ୟରେ ଭାରତର ପଡୋଶୀ ରାଷ୍ଟ୍ରଭାବେ ବାଂଲା ରାଜନୈତିକ ଅସ୍ଥିରତାର ସମ୍ମୁଖୀନ ହେବାରେ ହେଉଛି ପଂଚମ ରାଷ୍ଟ୍ର। ପୂର୍ବରୁ ଆଫଗାନିସ୍ଥାନ, ପାକିସ୍ଥାନ, ଶ୍ରୀଲଙ୍କାରେ ରାଜନୈତିକ ଅସ୍ଥିରତା ଲାଗି ରହିଛି। ଅନ୍ୟପକ୍ଷରେ ଅନ୍ୟ ପଡୋଶୀ ରାଷ୍ଟ୍ର ନେପାଳ, ମାଳଦ୍ୱୀପ ସହ ଭାରତର ସମ୍ପର୍କରେ ଅବନତି ଘଟିଛି। ଦକ୍ଷିଣ ଏସୀୟ ରାଷ୍ଟ୍ରମାନଙ୍କୁ ନେଇ ଗଠିତ ଦକ୍ଷିଣ ଏସୀୟ ଆଂଚଳିକ ସହଯୋଗ ସମିତି(ସାର୍କ) ଏକ ପ୍ରକାର ନିଷ୍କ୍ରୀୟ ହୋଇପଡିଛି। ପାକିସ୍ଥାନର ପ୍ରଚ୍ଛନ୍ନ ସହାୟତାରେ ଚୀନ ପଡୋଶୀ ରାଷ୍ଟ୍ରମାନଙ୍କରେ ମୁଣ୍ଡ ପୁରାଇବା ଆରମ୍ଭ କରିଛି, ଯାହାକି ଭାରତ ପାଇଁ ଆଦୌ ଶୁଭଙ୍କର ନୁହେଁ। ସେହିପରି ଅତୀତରେ ବାଂଲା ଜାତୀୟ ପାର୍ଟି (ବିଏନପି) ଏବଂ ଜାମାତ-ଇ-ଇସଲାମୀ ସରକାର ଭାରତ ପାଇଁ ସୁଖଦ ନଥିଲା। ଉଲ୍ଲେଖ କରାଯାଇପାରେ ଯେ, ଜାମାତ-ଇ-ଇସ୍‌ଲାମୀକୁ ହାସିନା ସରକାର ଏକ ଆତଙ୍କବାଦୀ ସଂଗଠନ ଭାବେ ଘୋଷଣା କରିଥିଲେ। ଏବେ ହାସିନା ସରକାରର ପତନ ସେନା ମୁଖ୍ୟଙ୍କ ନେତୃତ୍ୱରେ ଅନୁଷ୍ଠିତ ସର୍ବଦଳୀୟ ବୈଠକ ଜାମାତ-ଇ-ଇସ୍‌ଲାମୀ ଅଂଶ ବିଶେଷ ଥିଲା। ଆହୁରି ମଧ୍ୟ ହାସିନା ଯୁଗର ଅବସାନ ପରେ ବାଂଲାରେ ହିନ୍ଦୁଙ୍କ ଉପରେ ଅତ୍ୟାଚାର ବଢିଚାଲିଛି। ହିନ୍ଦୁଙ୍କ ମନ୍ଦିର ଓ ଘରକୁ ଟାର୍ଗେଟ କରାଯାଉଥିବା ଅଭିଯୋଗ ହୁଏ। ବଙ୍ଗଳାଦେଶରେ ୨୫ ହଜାରରୁ ହିନ୍ଦୁ ଥିବାବେଳେ ସଂଖ୍ୟାଲଘୁ ଭାବେ ପରିଚିତ। ସେମାନଙ୍କ ସୁରକ୍ଷା ଭାରତ ପାଇଁ ଉଦ୍‌ବେଗର କାରଣ ଭାବେ ଉଭା ହୋଇଛି। ସେହିପରି ବାଂଲା ସୀମାନ୍ତ ସଂଲଗ୍ନ ପଶ୍ଚିମବଙ୍ଗ, ଆସାମ ସୀମାନ୍ତରେ ସୁରକ୍ଷା ବ୍ୟବସ୍ଥାକୁ ଭାରତ ସରକାର କଡାକଡି କରିଛନ୍ତି। ଭାରତରେ ଉଭୟ ସ୍ଥଳ ଓ ଜଳଭାଗରେ ବାଂଲା ଅନୁପ୍ରବେଶକାରୀଙ୍କ ସଂଖ୍ୟା ବଢିବା ଆଶଙ୍କାକୁ ମଧ୍ୟ ଅଣ ଦେଖା କରାଯାଇପାରେ। ସେହିପରି ବାଂଲା ଆତଙ୍କବାଦୀଙ୍କ କାର୍ଯ୍ୟକଳାପ ବୃଦ୍ଧି ଆଶଙ୍କାକୁ ଏଡାଇ ଦେଇ ହେଉନାହିଁ। ବାଂଲାରେ ଅଶାନ୍ତି ଓ ରାଜନୈତିକ ପଟ୍ଟପରିବର୍ତନ ପରିପ୍ରେକ୍ଷୀରେ ଅନୁଷ୍ଠିତ ସର୍ବଦଳୀୟ ବୈଠକରେ ହିନ୍ଦୁଙ୍କ ସୁରକ୍ଷା, ଅନୁପ୍ରବେଶ ଓ ଆତଙ୍କବାଦୀ କାର୍ଯ୍ୟକଳାପ ନେଇ ସହମତି ପ୍ରକାଶ ନିଶ୍ଚିତ ଭାବେ ସ୍ୱାଗତଯୋଗ୍ୟ। ହାସିନା ଏବେ ଭାରତରେ ଥିବାରୁ ମୌଳବାଦୀ ଗୋଷ୍ଠୀ ଆହୁରି ରକ୍ତମୁଖା ହେବା ସ୍ୱାଭାବିକ। ହାସିନାଙ୍କ ଶାସନର ପତନ ଭାରତ ପାଇଁ ଏକ ବୃହତ କୁଟନୈତିକ ଚ୍ୟାଲେଞ୍ଜ ସଦୃଶ ଉଭା ହୋଇଛି, ଏହା ନିସନ୍ଦେହ।

*ସମ୍ମାନ ଭବନ,*
*ପ୍ଲଟ ନଂ-୫୮/୩୫୮୧,*
*ଗାଙ୍ଗୋତ୍ରୀ ନଗର,*
*ରୋଡ ନଂ-୩, ଶିଶୁପାଳଗଡ*

# ସରକାରୀ ଓକିଲ ନିଯୁକ୍ତି ବନାମ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶାବଳୀ

ସତ୍ୟବ୍ରତ ପଟ୍ଟନାୟକ

ଭାରତୀୟ ସାମ୍ବିଧାନିକ ବ୍ୟବସ୍ଥାରେ ଏକ ଅଲିଖିତ ଆଇନଗତ ବ୍ୟବସ୍ଥା ରହିଛି ତାହାହେଲା କେନ୍ଦ୍ର ହେଉ ବା ରାଜ୍ୟ, ସରକାର ବଦଳିବା ମାତ୍ରେ ପ୍ରଶାସନିକ ବ୍ୟବସ୍ଥା ସହ ଆଇନଗତ ବ୍ୟବସ୍ଥା କୁହାଯାଉଥିବା ଓକିଲ ନିଯୁକ୍ତି ବ୍ୟବସ୍ଥାରେ ମଧ୍ୟ ପରିବର୍ତ୍ତନ ହୋଇଥାଏ। ଓଡ଼ିଶାରେ ପାଞ୍ଚପାଳିର ବିଜେଡି ସରକାରକୁ ଧୂଳିସାତ୍ କରି ବିଜେପି ସରକାର ଗଢ଼ିବା ପରେ ପାଖାପାଖି ଦେଢ଼ମାସ ପରେ ବରିଷ୍ଠ ଆଇନଜୀବୀ ପିତାମ୍ବର ଆଚାର୍ଯ୍ୟଙ୍କୁ ଏହି ଗୁରୁଦାୟିତ୍ୱ ନ୍ୟସ୍ତ କରାଗଲା। ରାଜ୍ୟରେ ସରକାରୀ ବ୍ୟବସ୍ଥା ପରିବର୍ତ୍ତନ ହେଲେ ସ୍ୱାଭାବିକ ଭାବେ ହାଇକୋର୍ଟ ଓ ତଳକୋର୍ଟରେ ସରକାରୀ ଓକିଲ ନିଯୁକ୍ତି ପାଇଁ ନାନା କଳ୍ପନା ଜଳ୍ପନା ପ୍ରକାଶ ପାଇଥାଏ। ବିଳମ୍ବରେ ହେଲେ ମଧ୍ୟ ସରକାର ଜଣେ ଦକ୍ଷ ଓ ରାଜ୍ୟର ବରିଷ୍ଠ ଆଇନଜୀବୀଙ୍କୁ ଆଡ଼ଭୋକେଟ ଜେନେରାଲ ଭାବେ ନିଯୁକ୍ତି ଦେଇଛନ୍ତି ଯାହାକୁ ହାଇକୋର୍ଟର ଓକିଲଙ୍କ ସମେତ ଓଡ଼ିଶାର ଓକିଲ ମହଲ ସ୍ୱାଗତ କରିଛନ୍ତି। ତେବେ ନୂଆ ଆଡ଼ଭୋକେଟ ଜେନେରାଲ ଭାବେ ପିତାମ୍ବର ଆଚାର୍ଯ୍ୟଙ୍କ ନିଯୁକ୍ତି ପରେ ଏବେ ସରକାରୀ ଆଇନଜୀବୀ ବା ଜିଏ, ଏଜିଏ (ଅତିରିକ୍ତ ସରକାରୀ ଆଇନଜୀବୀ), ଷ୍ଟାଣ୍ଡିଂ କାଉନସିଲ ଓ ଅତିରିକ୍ତ ଷ୍ଟାଣ୍ଡିଂ କାଉନସିଲ ପଦକୁ ନେଇ ଧାଁ ଧଉଡ଼ ଆରମ୍ଭ ହୋଇଯାଇଛି। ବର୍ତ୍ତମାନ ହାଇକୋର୍ଟ ଓ ତଳକୋର୍ଟରେ ସରକାରୀ ଓକିଲ ନିଯୁକ୍ତି ପାଇଁ ବିଜେପି ଦଳ ପ୍ରତି ଆନୁଗତ୍ୟ ଥିବା ଅନେକ ଓକିଲ ଆଶାୟୀ ରହିଛନ୍ତି।

ମାନ୍ୟବର ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ଅନୁଯାୟୀ ଦକ୍ଷ, ସଚ୍ଚୋଟ ଓ ଅନୁଭବୀ ତଥା କୋର୍ଟ ମାମଲା ପରିଚାଳନାରେ ପାରଙ୍ଗମତା ଥିବା ସଚ୍ଚୋଟ ଟ୍ରାକ ରେକର୍ଡ଼ଧାରୀ ଓକିଲ ମାନଙ୍କୁ ସରକାରୀ ଓକିଲ ଭାବେ ନିଯୁକ୍ତି ଦିଆଯିବା କଥା। ମାତ୍ର ଚଳି ଆସିଥିବା ପ୍ରଥା ଅନୁଯାୟୀ ଦଳୀୟ ରାଜନୀତି ଯୋଗୁଁ ଦଳପ୍ରତି ଆନୁଗତ୍ୟ ଥିବା ଓକିଲ ମାନଙ୍କୁ ସରକାରୀ ଓକିଲ ଭାବେ ନିଯୁକ୍ତି ଦିଆଯାଉଛି। ଦଳ ପ୍ରତି ଆନୁଗତ୍ୟ ଥିବା ଅନେକ ଦକ୍ଷ ଓକିଲ କିନ୍ତୁ ନେତା ମାନଙ୍କ ଆଶୀର୍ବାଦ, ପୃଷ୍ଠପୋଷକତା ନପାଇବା କାରଣରୁ ସରକାରୀ ଓକିଲ ହୋଇପାରୁ ନାହାଁନ୍ତି। ଏଠାରେ କୁହାଯାଇପାରେ ଯେ ଗତ ବିଜେପି-ବିଜେଡ଼ି ମେଣ୍ଟ ସରକାର ଥିବା ସମୟରେ ଅନେକ ଓକିଲ ସରକାରୀ ଓକିଲ ହୋଇ ସରକାରଙ୍କ ଠାରୁ ଦରମା ଓ ସବୁ ପ୍ରକାର ସୁବିଧା ସୁଯୋଗ ପାଇ ମଧ୍ୟ ପ୍ରତିପକ୍ଷଙ୍କ ଠାରୁ ଉତ୍କୋଚ ନେଇ ସରକାରଙ୍କୁ ଅପଦସ୍ତ କରାଇଛନ୍ତି। ଅନେକ ମାମଲାରେ ସରକାର ହାରିବା ସହ ପ୍ରତିପକ୍ଷ ବିଜେତା ହୋଇ ସରକାରଙ୍କ ନାକ କଟି ଯାଇଛି କହିଲେ ଅତ୍ୟୁକ୍ତି ହେବନାହିଁ। ଏଥର ସରକାରୀ ଓକିଲ ଚୟନରେ ସଚ୍ଚୋଟ, ଦକ୍ଷ, ଅନୁଭବୀସମ୍ପନ୍ନ ଓ ଯୁବ ଓକିଲ ମାନଙ୍କୁ ସୁଯୋଗ ଦେବାକୁ ଓକିଲାମାନଙ୍କ ସମେତ ବୁଦ୍ଧିଜୀବୀ ଓ ଓଡ଼ିଶାବାସୀଙ୍କ ତରଫରୁ ଦୃଢ଼ ଦାବୀ ହେଉଛି। ପୁନଶ୍ଚ ଯେଉଁ ଓକିଲମାନେ କେନ୍ଦ୍ର ସରକାର ଓ ସେଣ୍ଟ୍ରାଲ ଆଡମିନିଷ୍ଟ୍ରେଟିଭ ଟ୍ରିବ୍ୟୁନାଲ ପ୍ୟାନେଲରେ ଅଛନ୍ତି ସେମାନଙ୍କୁ ରାଜ୍ୟ ସରକାରଙ୍କ ଓକିଲ ପ୍ୟାନେଲରେ ନରଖିବାକୁ ମଧ୍ୟ ଦାବୀ ଉଠୁଛି। ରାଜ୍ୟ ଆଇନମନ୍ତ୍ରୀ ଜଣେ ଅନୁଭବୀସମ୍ପନ୍ନ ନେତା ଓ ତାଙ୍କ ବାପା ବିଶ୍ୱଭୂଷଣ ବାବୁ ରାଜ୍ୟର ଆଇନମନ୍ତ୍ରୀ ଭାବେ ଦାୟିତ୍ୱ ନିର୍ବାହ କରିଛନ୍ତି। ତେଣୁ ରାଜ୍ୟ ଆଇନମନ୍ତ୍ରୀ ରାଜ୍ୟର ସ୍ୱାର୍ଥ ଦୃଷ୍ଟିରୁ ଗତ ମେଣ୍ଟ ସରକାରରେ ଯେଉଁ ସରକାରୀ ଓକିଲମାନେ ପ୍ରତିପକ୍ଷ ମାନଙ୍କ ଠାରୁ ଉତ୍କୋଚ ନେଇ ସରକାରଙ୍କୁ ବଦନାମ ଓ କ୍ଷତିରେ ପହଞ୍ଚାଇଥିଲେ ଏହାର ତଦନ୍ତ କରି ଯୁବ ଓକିଲ ମାନଙ୍କୁ ଅଗ୍ରାଧିକାର ଭାବରେ ସରକାରୀ ଓକିଲ ଭାବେ ନିଯୁକ୍ତି ଦିଅନ୍ତୁ। ସରକାରୀ ଆଇନଜୀବୀ ବ୍ୟବସ୍ଥାରେ ମାନ୍ୟବର ସୁପ୍ରିମକୋର୍ଟଙ୍କ ଯେଉଁ ନିର୍ଦ୍ଦେଶାବଳୀ ରହିଛି ତାହା ହେଉଛି ଅଦାଲତରେ ମାମଲା ପରିଚାଳନା ସମୟରେ ଏଜି ବା ଆଡ଼ଭୋକେଟ ଜେନେରାଲ ହେଉଛନ୍ତି ସରକାରଙ୍କ ଆଇନ ପ୍ରତିନିଧି ଏବଂ ତାଙ୍କ ଦ୍ୱାରା ଆଇନଜୀବୀ ପ୍ୟାନେଲ ଗଠିତ ହୋଇଥାଏ। କୋର୍ଟରେ ଆଡ଼ଭୋକେଟ ଜେନେରାଲ ତଥା ସରକାରୀ ଆଇନଜୀବୀ ପ୍ୟାନେଲ ଉପରେ ସରକାରଙ୍କ ଜିତାପଟ ଓ ଅନେକ ମାମଲାରେ ସ୍ଥିତି ରକ୍ଷା ନିର୍ଭର କରେ। ସରକାର ଯାହା କରୁଛନ୍ତି ତାହା କେତେ ଦୂର ଠିକ ବା ତାହା ସାଧାରଣ ଲୋକଙ୍କ ପାଇଁ କ’ଣ ଆବଶ୍ୟକତା ରହିଛି ଏବଂ ସର୍ବୋପରି ସମସ୍ତ କାର୍ଯ୍ୟ ଆଇନର ନିୟମ କାନୁନ ପରିସୀମା ଭିତରେ ହେଉଛି କି ନାହିଁ ଏହାକୁ ବୁଝାଇବାର କାମ ହେଉଛି ଏହି ପ୍ୟାନେଲର। ଏଠାରେ ସୂଚନା ଦିଆଯାଇପାରେ ଯେ, ଏଜିଙ୍କ ପ୍ୟାନେଲରେ ଯେତେ ଦକ୍ଷ ଆଇନଜୀବୀ ରହିବେ ସେହିକ୍ରମରେ ସରକାର ମଧ୍ୟ ସେତେଟା ସକ୍ରିୟ ରହିବେ। ଆଇନଗତ ବ୍ୟବସ୍ଥା ଅନୁଯାୟୀ ଓଡ଼ିଶା ହାଇକୋର୍ଟରେ ଆଡ଼ଭୋକେଟ ଜେନେରାଲଙ୍କୁ ମିଶାଇ ଏହି ପ୍ୟାନେଲରେ ବିଭିନ୍ନ କୋର୍ଟରେ ମାମଲା ପରିଚାଳନା ପାଇଁ ୭୩ଜଣ ଆଇନଜୀବୀ ରହିବେ। ଜଣେ ଜିଏଙ୍କ ବ୍ୟତୀତ ୩୫ଜଣ ଏଜିଏ, ଜଣେ ଷ୍ଟାଣ୍ଡିଂ କାଉନସିଲ ଓ ୩୫ ଜଣ ଅତିରିକ୍ତ ଷ୍ଟାଣ୍ଡିଂ କାଉନସିଲ ରହିବେ। ଏହି ପ୍ୟାନେଲରେ କେଉଁ ଆଇନଜୀବୀ, କେଉଁ ମାନଦଣ୍ଡ ଆଧାରରେ ମନୋନୀତ ହେବେ ଓ ସେମାନଙ୍କୁ ନିଯୁକ୍ତି ମିଳିବ ଏ ସଂକ୍ରାନ୍ତରେ ୨୦୧୫ ମସିହାରେ ସୁପ୍ରିମକୋର୍ଟଙ୍କ ଏକ ନିର୍ଦ୍ଦେଶାବଳୀ ରହିଛି। ସୁପ୍ରିମକୋର୍ଟର ତତ୍କାଳୀନ ପ୍ରଧାନ ବିଚାରପତି ନ୍ୟାୟମୂର୍ତ୍ତି ପି.ଏସ.ଠାକୁର, ନ୍ୟାୟମୂର୍ତ୍ତି କୁରିଏନ୍ ଯୋଶେଫଙ୍କ ଏକ ଖଣ୍ଡପୀଠ ସ୍ପଷ୍ଟ ଭାବେ ନିର୍ଦ୍ଦେଶାବଳୀରେ କହିଥିଲେ କି ଯେ ରାଜନୈତିକ ଆନୁଗତ୍ୟ ଆଧାରରେ ଲ’ଅଫିସର ବା ଆଇନଜୀବୀଙ୍କୁ ନିଯୁକ୍ତି କରାଗଲେ ନ୍ୟାୟିକ କାର୍ଯ୍ୟ ଚାଲିପାରିବ ନାହିଁ ବରଂ ଦଳୀୟ ଆନୁଗତ୍ୟ ପରିବର୍ତ୍ତେ ଆଇନ ସମ୍ପର୍କରେ ଜ୍ଞାନ ଥିବା ସଚ୍ଚୋଟ ଓ ମେଧାବୀ ବ୍ୟକ୍ତିଙ୍କୁ ସରକାରୀ ଆଇନଜୀବୀ ଭାବେ ନିଯୁକ୍ତି ଦିଆଯିବା ଆବଶ୍ୟକ। କେବଳ ସେତିକି ନୁହେଁ ସୁପ୍ରିମକୋର୍ଟ ଆହୁରି ମଧ୍ୟ କହିଥିଲେ ଯେ ସରକାରୀ ଆଇନଜୀବୀଙ୍କୁ ନିଯୁକ୍ତି ଦିଆଯିବା ପୂର୍ବରୁ ସରକାର ଏକ ପ୍ୟାନେଲ ପ୍ରସ୍ତୁତ କରିବେ ଏହା ହାଇକୋର୍ଟର ମୁଖ୍ୟ ବିଚାରପତିଙ୍କ ନିକଟକୁ ପଠାଯିବ। ମୁଖ୍ୟ ବିଚାରପତିଙ୍କ ସହମତି ଅନୁମୋଦନ ପରେ ଏହି ପ୍ୟାନେଲ ଚୂଡ଼ାନ୍ତ ହେବ ଯଦିଓ ତତ୍କାଳୀନ ପଞ୍ଜାବ-ହରିୟାଣା ସରକାରଙ୍କ ସମୟରେ ସେଠାକାର ହାଇକୋର୍ଟରେ ସରକାରୀ ଆଇନଜୀବୀ ନିଯୁକ୍ତିକୁ ନେଇ ଦେଖାଦେଇଥିବା ସମସ୍ୟା ପରିପ୍ରେକ୍ଷୀରେ ସର୍ବୋଚ୍ଚ ଅଦାଲତ ଏହି ଆଦେଶ ଦେବା ସହ ସମଗ୍ର ଦେଶରେ ସରକାରୀ ଆଇନଜୀବୀ ନିଯୁକ୍ତି ପ୍ରକ୍ରିୟାରେ ସଂସ୍କାର ଆଣିବା ପାଇଁ ଏହି ଆଦେଶକୁ କାର୍ଯ୍ୟକାରୀ କରିବା ପାଇଁ ପରାମର୍ଶ ଦେଇଥିଲେ। ଅନେକ ରାଜ୍ୟରେ ଏବେ ସର୍ବୋଚ୍ଚ ଅଦାଲତଙ୍କ ଆଦେଶ ଆଧାରରେ ଏଜିଙ୍କ ପ୍ୟାନେଲ ଗଠନ ହୋଇ ଆସୁଅଛି ତଥାପି ଅନେକ ସମୟରେ ଅନେକ ରାଜ୍ୟରେ ଏଭଳି ଦଳୀୟ ଆନୁଗତ୍ୟକୁ ଗୁରୁତ୍ୱ ଦିଆଯାଉଛି ଯାହାର ବିଷମ ପରିଣତି ସ୍ୱରୂପ ଅନେକ ମାମଲାରେ ରାଜ୍ୟ ସରକାର ହାରି ଯାଉଛନ୍ତି ଏବଂ ସରକାରଙ୍କ ଆଇନଗତ ସମ୍ମାନ ତଳେ ପଡ଼ିଯାଉଛି। ତେଣୁ ଓଡ଼ିଶାରେ ସରକାର ଏହି ଦିଗ ପ୍ରତି ଗୁରୁତ୍ୱ ଦେବା ବାଞ୍ଛନୀୟ।

*ଅବସରପ୍ରାପ୍ତ ଜିଲ୍ଲା ଜଜ୍, ପ୍ଲଟ ନଂ.*
*୧୨(ଏନ୍), ସୂର୍ଯ୍ୟ ବିହାର,*
*ଭୁବନେଶ୍ୱର*

# କୃଷି ଦୁନିଆ



## ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

ସୁବ୍ରତ କୁମାର ମହାନ୍ତି

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ। ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ। ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା। ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି। ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ। ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବରୁ ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ। ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ। ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ। ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ। ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ। ତତ୍ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବତ୍ୱରକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ। ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ। ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି। ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ। କୁଣ୍ଡର ତଳସ୍ତରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ। ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ। ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ। ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ। ଗାଇଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ। ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ। କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ। ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ। ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ। ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ। ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ। ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ। ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍। ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶସ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ। ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ। ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ। ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

## କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



ବିଜ୍ଞାନ ରଂଜନ ସାହୁ

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ। ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ। ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି। ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ। ଏଣୁ ସେମାନେ ଭାଗଚାଷ କରନ୍ତି। ସାଧାରଣତଃ ଗାଁହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ। ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି। ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ। ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି। କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ। ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି। କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି। ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ। ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ। ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି। ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ। ଏହାଦ୍ୱାରା ଅଧିକ ଅମଳ ହୋଇଥାଏ। କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ। ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ। ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି। ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ।



ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି। କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ। ଏଣୁ ଆମେ ଏହାକୁ ରୋକିପାରିବା ନାହିଁ। ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ। ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା



ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ। ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ। ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ। ଏବେ ପ୍ରଶ୍ନ ଉଠୁଚି- ଉତ୍ପାଦନ କରିବ କିଏ? ଖାଦ୍ୟ ଆସିବ କେଉଁଠାରୁ। ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର। ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ। ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ। ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ। ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ। ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ।

କୃଷି ସ୍ନାତକୋତ୍ତର , ଓୟୁଏଟି

## ଟିଲାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



ବିଜ୍ଞାନ ମିହିର ରାଉତ

ଟିଲାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି। ଏହାର ମୂଳ ବାସସ୍ଥାନ ଆଫ୍ରିକା। ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ଟିଲାପିଆ ଚାଷ ଆରମ୍ଭ ହୋଇଥିଲା। କିନ୍ତୁଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା। ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ଟିଲାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା।ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି।ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ। ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ। ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି।

ଟିଲାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ। ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ। ନୀଳନଦୀ ଟିଲାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ଟିଲାପିଆ ଭାବେ ଗଣା ହୋଇଥାଏ। ନୀଳ ଟିଲାପିଆ ଶଙ୍କର ଜାତୀୟ ଟିଲାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ। ଏହା ସମୁଦାୟ ବିଶ୍ୱର ଟିଲାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ। ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ। ମୋଜାମ୍ବିଆ ଟିଲାପିଆ ନୀଳନଦୀ ଟିଲାପିଆର ପ୍ରଜାତି ଅଟେ। ଲାଲ୍ ଟିଲାପିଆ - ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା। ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି।

ଉତ୍ପାଦନ- ଟିଲାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି। ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ଟିଲାପିଆ ଉତ୍ପାଦନ କାରୀ ରାଷ୍ଟ୍ର। ବିଶ୍ୱର ଅର୍ଦ୍ଧାଧିକ ଟିଲାପିଆ ଚୀନ୍ ଆସିଥାଏ। ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ। ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ। ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ।ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ଟିଲାପିଆ



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ। ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ଟିଲାପିଆ ଉତ୍ପାନନ ହୋଇପାରିଥାଏ। ସେହିପରି ଚୀନ୍, ମାଲେସିଆ ଓ ଡିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ଟିଲାପିଆକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଘନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ।

ପୋଖରୀ ଚାଷ- ଫିଲିଫାଇନ୍ସରେ ଟିଲାପିଆକୁ ଏକୁଲି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ। ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି। ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ଟିଲାପିଆ ଉତ୍ପନ୍ନ ହୋଇପାରିବ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ଟିଲାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ। ନୀଳନଦୀ ଟିଲାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ। ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ।

ଏକଲିଙ୍ଗି ଚାଷ- ଟିଲାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ। ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ଟିଲାପିଆ ମାଛ ମିଳିଥାଏ। ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ। ଅଧିକାଂଶ ଚାଷୀ ଏକଲିଙ୍ଗି ଚାଷକୁ ଗୁରୁତ୍ୱ ଦେଇଥାନ୍ତି। ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ। ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ। କହିବାକୁ ଗଲେ ଟିଲାପିଆ ଚାଷ ଲାଭଦାୟକ ଅଟେ। ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ଟିଲାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

## ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ। କୃଷିର ବି୍ଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ , ଶ୍ରଦ୍ଧା ସାଉଁଟିପାରିଛି। ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ। ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ। କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି। ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି -ଚାଷର ଏକ୍ତୁଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence। ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି। ପଠାଇବାର ଠିକଣା - ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ - ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ। ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି।




# ‘ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର...’

ଶ୍ରୀମଦ୍ ଭାଗବତରେ ନିଜ ଜୀବନ୍ତ ଭଗବାନ ସଦୃଶ ନିଜ ପିତାମାତାଙ୍କ ସେବାକର୍ମ ପ୍ରତି ଉଲ୍ଲେଖ ରହି ଲେଖା ହୋଇଛି - ‘ଆଚାର୍ଯ୍ୟ ବ୍ରହ୍ମାର ମୂରତି, ପିତା ପ୍ରତ୍ୟକ୍ଷେ ପ୍ରଜାପତି। ଭ୍ରାତା ଯେ ମୂରତି ଇନ୍ଦ୍ରର, ମାତା ସାକ୍ଷାତ ପୃଥିବୀର। ଅଗ୍ନି ମୂରତି ଅଭ୍ୟାଗତ, ଆତ୍ମାର ମୂର୍ତ୍ତି ସର୍ବଭୂତ। ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର। ଗର୍ଭେ ବହନ୍ତି ଦୁଃଖ ସହି, ପୁଣି ପାଳନ୍ତି କ୍ଷୀର ଦେଇ। ସର୍ବ ସମ୍ପଦ ପୁଣି ଦେଇ, ତାହାଙ୍କ ପୋଷଣେ ଜୀଅଇ। ତାହାଙ୍କ ପ୍ରତି ଉପକାରେ, ଶତ ବରଷେ କେହୁ ପାରେ।’ ଯାହାଙ୍କଠାରୁ ଆମେ ଜନ୍ମ ନେଇଛନ୍ତି, ଯିଏ ଆମର ସୃଷ୍ଟିକର୍ତ୍ତା, ଯାହାଙ୍କ ଆଶୀର୍ବାଦରୁ ଆମେ ଏଡ଼ିକିଟିଏରୁ ଏଡ୍ଡୁଟିଏ ହେଇଛୁ, ଯିଏ ଆମ ପାଇଁ ପ୍ରତ୍ୟକ୍ଷ ଦେବତା; ସିଏ ହେଉଛନ୍ତି ଆମର ପିତାମାତା। ଏଣୁ - ‘ପିତା ନାହିଁ ଯାହାର ସାହା ନାହିଁ ତାର, ପିତା ମାତା ସବୁ କିଛି ପିତାମାତା ପାଦ ଯେ ଜନ ସେବିଛି, ସେହୁଟି ସର୍ବ ଲଭିଛି।’ ବାସ୍ତବରେ ପିତାମାତା ହେଉଛନ୍ତି ଆମର ପ୍ରତ୍ୟକ୍ଷ ଦେବତା। ତାଙ୍କର ବାର୍ଦ୍ଧକ୍ୟ ସମୟରେ ତାଙ୍କୁ ହତାଦର କରିବା ବା ଅବମାନନା କରିବା ଅନୁଚିତ। କେବଳ ଯେ ପିତାମାତା ତାହା ନୁହଁନ୍ତି; ସମସ୍ତ ବୟସ୍କ ଆମର ଅଗ୍ରପୂଜ୍ୟ। ସେମାନଙ୍କୁ କୁହାଯାଏ ଶ୍ରେଷ୍ଠ ମାନବ। ‘ମା’ ଅର୍ଥ ସୃଷ୍ଟି, ‘ନବ’ ଅର୍ଥ ନୂଆ। ଯାହାଙ୍କ ଠାରୁ ଆମେ ନୂଆ ପ୍ରେରଣା ପାଇଥାଉ। ତେଣୁ ସେ ହେଉଛନ୍ତି ଆମର ସବୁକିଛି। ଆଜିର ଭୋଗସର୍ବସ୍ୱ ସମୟର ମୁହୂର୍ତ୍ତରେ ଆମ୍ଭେମାନେ ପ୍ରାୟତଃ ନିଜ ନିଜ ସ୍ୱାର୍ଥକୁ ପ୍ରାଧାନ୍ୟ ଦେଇ ପଛେଇ ଦେଉଛେ ନିଜ ପିତାମାତାଙ୍କ ସେବାଯତ୍ନକୁ। ଯେଉଁମାନଙ୍କ ଇଚ୍ଛା ଓ ସଂକଳ୍ପର ଫଳସ୍ୱରୂପ ଆମ୍ଭେମାନେ ଆଜି ଏ ଦୁନିଆର ଆଲୋକ ଦେଖିବାକୁ ସମର୍ଥ ହୋଇଛୁ, ଏ ସୁନ୍ଦର ଶରୀର ପାଇଛୁ ଆଉ ପ୍ରତିଟି ମୁହୂର୍ତ୍ତରେ ମାନବୀୟ ମୂଲ୍ୟବୋଧକୁ ଅନୁଭବ କରିଛୁ, କିନ୍ତୁ ସେହିମାନଙ୍କ ଅତୁଳନୀୟ ଓ ଅକଳ୍ପନୀୟ ପ୍ରତିଦାନକୁ ଆମେ ପ୍ରତି ମୁହୂର୍ତ୍ତରେ ଭୁଲିଯାଉଛେ ସତେଯେପରି। ନିକଟରେ କେତେକ ଗଣମାଧ୍ୟମରେ ପ୍ରକାଶ ପାଇଥିବା ଖବର କାଗଜର ତଥ୍ୟ ଅନୁଯାୟୀ କେବଳ ଭାରତରେ ନୁହେଁ ଓଡ଼ିଶାର ବିଭିନ୍ନ ସ୍ଥାନରେ ପିତାମାତାଙ୍କ ପ୍ରତି ନିର୍ଯାତନା ଦେଉଥିବାର ହତଭାଗା ପୁଅ ମାନଙ୍କର କୁକୀର୍ତ୍ତିର ଖବର ପୃଷ୍ଠା ମଣ୍ଡନ କରୁଛି ଯାହାକି ନିଶ୍ଚିନ୍ତ ଭାବରେ ଆମମାନଙ୍କ ମାନବିକତାକୁ ଏକ ଧିକ୍କାର୍। ଏହା ସତ୍ତ୍ୱେ ଆମ୍ଭମାନଙ୍କ ପରି ନିଜକୁ ବ୍ରହ୍ମଜ୍ଞାନୀ ବିଚାର କରୁଥିବା ବୁଦ୍ଧିମାନ ବ୍ୟକ୍ତିମାନେ ଯେ କିପରି ନିଜ ସୁଖ ଓ ସ୍ୱାର୍ଥକୁ ଗୁରୁତ୍ୱ ଦେଇ ଆମର ଜୀବନ୍ତ ଈଶ୍ୱରମାନଙ୍କୁ ହତାଦାର କରୁଛେ ତାହା ଆମ ସମାଜର ଆଇନାରେ ସୁସ୍ପଷ୍ଟ।

ଭାରତର ଶାସ୍ତ୍ର ଓ ପୁରାଣରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି ଯେ ଯେଉଁ ପିଲାମାନେ ନିଜ ବାପାମାଆଙ୍କ ସେବା କରିଥାନ୍ତି ସେମାନେ ସ୍ୱର୍ଗସୁଖର ପୁଣ୍ୟ ପାଇଥାନ୍ତି। କିନ୍ତୁ ଆମ୍ଭେମାନେ ତାକୁ ହେୟଜ୍ଞାନ କରୁଛୁ। ଭାରତରେ ପିତାମାନଙ୍କ ଭରଣପୋଷଣ ହେଉ ବା ସେମାନଙ୍କୁ କୌଣସି ଯନ୍ତ୍ରଣା ବା କଷ୍ଟ ନ ଦେବା ପାଇଁ ବିଭିନ୍ନ ଆଇନରେ ନିର୍ଦ୍ଦେଶନାମା ସ୍ପଷ୍ଟ ଉଲ୍ଲେଖ ରହିଛି। ତାହାସତ୍ତ୍ୱେ ଅଧିକାଂଶ କ୍ଷେତ୍ରରେ ନିର୍ଯାତିତ ହେଉଥିବା ପିତାମାତା-ମାନେ ନିଜ ପିଲାମାନଙ୍କର ଏପରି କ୍ରୁର ବ୍ୟବହାର ଓ ନିର୍ଯାତନା ପାଇ ମଧ୍ୟ ସେମାନଙ୍କ ଭଲ କାମନା କରି କୌଣସି ଅଭିଯୋଗ କରିବାକୁ ଆଗେଇ ଆସିନଥାନ୍ତି। ଏଠାରେ ଏକ ସତ୍ୟ ଘଟଣା ଉପରେ ଆଧାରିତ ଉଦାହରଣଟିଏ ଦେଉଛୁ। ଭୁବନେଶ୍ୱର ମଞ୍ଚେଶ୍ୱର ଥାନା ଅଞ୍ଚଳ ଗାଡ଼କଣରେ ବାସନ୍ତୀ ଆଚାର୍ଯ୍ୟ ରୁହନ୍ତି। ତାଙ୍କ ସ୍ୱାମୀ ଶଶୀକାନ୍ତ ଆଚାର୍ଯ୍ୟ ଓ ସାବତ ପୁଅ ସତ୍ୟଜିତ ଓ ବୋହୂ ରୀତା ଆଚାର୍ଯ୍ୟ, ବାସନ୍ତୀ ଆଚାର୍ଯ୍ୟ ଘରେ ନଥିବାବେଳେ ତାଙ୍କ ତାଲା ଭାଙ୍ଗି ସମସ୍ତ ଆସବାସପତ୍ର ଅକ୍ତିଆର କଲେ। ଇଏ ହେଉଛନ୍ତି ସେହି ସତ୍ୟଜିତ ଯାହାଙ୍କୁ ମଣିଷ କରି ଗଢ଼ି ତୋଳିବା ପାଇଁ ବାସନ୍ତୀ ଦେବୀ ନିଜ ଜୀବନର ମୂଲ୍ୟବାନ ସମୟ ଉତ୍ସର୍ଗ କରିଛନ୍ତି। ଦୁର୍ଭାଗ୍ୟର କଥା ସତ୍ୟଜିତ ଓ ରୀତା ଆଚାର୍ଯ୍ୟ ତାଙ୍କୁ ମାଡ଼ ମାରିବା ସହ ପିଠିରେ ବିଷାକ୍ତ ଛୁଞ୍ଚି ଫୋଡ଼ିଛନ୍ତି। ତେଣୁ ଏଇଠି ଜଣେ ଅନୁଭବ କରନ୍ତୁ ପ୍ରକୃତରେ ମଣିଷ ସନ୍ତାନସନ୍ତତି କାହିଁକି ଜନ୍ମ କରିଥାନ୍ତି ? କ’ଣ ପରିଣତ ବୟସରେ ଆହୁରି ଲୁହ ଓ ଲହୁ ପିଇବା ପାଇଁ ?

ଆମ୍ଭେମାନେ ଭୁଲି ଯାଉଛେ ଯେ, ଆମେ ଆମ ପରିବାର ଓ ସମାଜ ପାଇଁ ବୋଝ ଭାବୁଥିବା ଆମ ପିତାମାତାଙ୍କ ପ୍ରତି ଆମେ ଯେଉଁପରି ବ୍ୟବହାର ଦେଖାଉଛେ ଠିକ୍ ସେହିପରି ବ୍ୟବହାର ଯେତେବେଳେ ଆମ୍ଭେମାନେ ପରିଣତ ବୟସରେ ଆମ ପିଲାମାନଙ୍କଠାରୁ ପାଇବା ତାହା ଆମ ମାନଙ୍କ ପାଇଁ କିପରି ସହିବାର ଶକ୍ତି ରଖିବ ? କେତେକ କ୍ଷେତ୍ରରେ ଦେଖାଯାଇଥାଏ ଯେ, ସମାଜରେ ବୟସ୍କ ନାଗରିକ ମାନଙ୍କ ପାଇଁ ବିଭିନ୍ନ ସ୍ୱତନ୍ତ୍ର ସୁବିଧା, ସୁଯୋଗ ଓ ସହାୟତାର ବ୍ୟବସ୍ଥା ଥିଲେ ମଧ୍ୟ ଏହା କିଛି କ୍ଷେତ୍ରରେ କାଗଜ କଲମରେ ବନ୍ଧା ଆଇନ ପରି ଲାଗୁଛି ଆଉ କେତେକ କ୍ଷେତ୍ରରେ ସ୍ୱାର୍ଥକୁ ଗୁରୁତ୍ୱ ଦିଆଯାଉଥିବାରୁ ଏହି ଆଇନର କୌଣସି ମୂଲ୍ୟ ରହୁନାହିଁ। ଆପଣମାନେ ଅଧିକାଂଶ କ୍ଷେତ୍ରରେ ଦେଖିଥିବେ ଯାତ୍ରା କରୁଥିବା କୌଣସି ବସ୍‌ରେ ବୟସ୍କ ନାଗରିକଙ୍କ ପାଇଁ ସଂରକ୍ଷଣ ଥିବା ସିଟ୍‌ରେ ଯୁବକମାନେ ବସିଥିବେ କିନ୍ତୁ ନିଜ ଭାଗ୍ୟକୁ ଆଦରି ବରଂ ନୀରବ ରହି ଛିଡ଼ା ହୋଇ କଷ୍ଟର ସହିତ ଯାତ୍ରା କରୁଥିବେ ସେହି ବସ୍‌ରେ ପରିଣତ ବୟସର ନାଗରିକମାନେ। ଏ କ୍ଷେତ୍ରରେ ବିବେକର ଆହ୍ୱାନ କ’ଣ ଆମ୍ଭେମାନେ ସମସ୍ତଙ୍କୁ କାନରେ କହିବାକୁ ପଡ଼ିବ ? ଶିଶୁଟିଏ ଜନ୍ମ ହେଲା ଠାରୁ କଥା କହିବା ପର୍ଯ୍ୟନ୍ତ ତା’ ପାଇଁ ପିତାମାତା ଅନେକ କିଛି କରିଥାଆନ୍ତି। ଅନେକ କିଛି ଦୁଃଖ ସହିଥାଆନ୍ତି। ସେମାନଙ୍କର କୌଣସି ଆଶା ନଥାଏ। ପ୍ରତ୍ୟେକ ସନ୍ତାନ ସେମାନଙ୍କର ବୃଦ୍ଧତ୍ୱ ସମୟରେ ତାଙ୍କ ସେବା କରିବା ଶ୍ରେଷ୍ଠ କର୍ତ୍ତବ୍ୟ।

# ନୋବେଲ ପୁରସ୍କାରର ଜନକ ଆଲଫ୍ରେଡ୍ ନୋବେଲ



ଆଲ୍‌ଫ୍ରେଡ୍ ନୋବେଲ ୧୮୩୩ ମସିହାରେ ଷ୍ଟକ୍‌ହୋମଠାରେ ସ୍ୱିଡିଶ ପରିବାରରେ ଜନ୍ମ ନେଇଥିଲେ। ପିତା ଇମାନୁଏଲ୍ ଥିଲେ ଜଣେ ଇଂଜିନିୟର ତଥା ଉଦ୍ଭାବକ। କିନ୍ତୁ ପିଲାଦିନରୁ ବିସ୍ଫୋରକ ପ୍ରତି ଆଗ୍ରହ ଥିଲା ଆଲ୍‌ଫ୍ରେଡଙ୍କର। ସେ ଏହି ଦିଗରେ ଅଧିକ ଅଧ୍ୟୟନ ପାଇଁ ଉତ୍ସାହୀ ଥିଲେ। ତେବେ ଏ ବିଷୟରେ ପ୍ରାଥମିକ ଜ୍ଞାନ ମିଳିଥିବା ତାଙ୍କ ପିତାଙ୍କଠାରୁ। ଇମାନୁଏଲ୍‌ଙ୍କର ନାନା ପ୍ରକାର ବ୍ୟବସାୟରେ କ୍ଷତି ହେବା ପରେ ସେ ୧୮୩୭ ମସିହାରେ ସେଣ୍ଟ ପିଟର୍ସବର୍ଗକୁ ଚାଲିଯାଇଥିଲେ। ସେଠାରେ ସେ ବିଭିନ୍ନ ଯନ୍ତ୍ରପାତି ଏବଂ ବିସ୍ଫୋରକ ଉତ୍ପାଦନ ଆରମ୍ଭ କଲେ। ଆଧୁନିକ ପ୍ଲାଇଉଡ୍ ମଧ୍ୟ ସେ ପ୍ରସ୍ତୁତ କରିଥିଲେ। ପିଲାଦିନରୁ ବିସ୍ଫୋରକ ଏବଂ ରସାୟନ ପ୍ରତି ଆଗ୍ରହୀ ଥିବା ଆଲ୍‌ଫ୍ରେଡ୍ ୧୮ବର୍ଷ ବୟସରେ ରସାୟନ ବିଜ୍ଞାନରେ ଉଚ୍ଚତର ଅଧ୍ୟୟନ ପାଇଁ ପ୍ରଥମେ ପ୍ୟାରିସ୍ ଏବଂ ପରେ ଆମେରିକାକୁ ଯାଇଥିଲେ। ସେ ଏକାଧିକ ୟୁରୋପୀୟ ଦେଶରେ ଶିକ୍ଷାଲାଭ କରିଥିବାରୁ ପରିଷ୍କାର ଓ ଅନର୍ଗଳ ଭାବରେ ପାଞ୍ଚୋଟି ଭାଷା ବିଶେଷକରି ଇଂରାଜୀ, ଫ୍ରେଞ୍ଚ, ସ୍ୱିଡିଶ, ରୁଷିଆନ ଓ ଜର୍ମାନ ଭାଷାରେ କହି ଓ ଲେଖିପାରୁଥିଲେ। ସେ ତାଙ୍କ ବାପାଙ୍କ ପ୍ରୋତ୍ସାହନ କାରଣରୁ ବିସ୍ଫୋରକ ଉପରେ କାର୍ଯ୍ୟ ଆରମ୍ଭ କରି ଦେଇଥିଲେ। ବହୁ ପରୀକ୍ଷା ନିରୀକ୍ଷାପରେ ସେ ଏକ ସ୍ୱର୍ଣକାତର ବିସ୍ଫୋରକ ପ୍ରସ୍ତୁତ କରିଥିଲେ ଯାହାକୁ ୧୮୬୬ରେ ଡିନାମାଇଟ୍ ରୂପେ ନାମିତ କରାଗଲା।

ନୋବେଲଙ୍କ ଉଦ୍ଭାବନ ଖଣି, ପୂର୍ତ୍ତ, କୋଠା ନିର୍ମାଣ, ସୁଡ଼ଙ୍ଗ ଖୋଳା ଇତ୍ୟାଦିରେ ବୈପ୍ଲବିକ ପରିବର୍ତ୍ତନ ଆଣିଥିଲା। ତାଙ୍କର ଉଦ୍ଭାବନ ଡିନାମାଇଟ୍ ବ୍ୟତୀତ ଅନ୍ୟାନ୍ୟ କ୍ଷେତ୍ରରେ ବିଶେଷକରି ରସାୟନ ବିଦ୍ୟାରେ କୃତ୍ରିମବସ୍ତୁ ଯଥା ରବର ଏବଂ ଚମଡ଼ା ପ୍ରସ୍ତୁତିରେ ସହାୟକ ହୋଇଥିଲା। ତାଙ୍କ ପ୍ରଚେଷ୍ଟାରେ ୫ଟି ମହାଦେଶର ୨୦ଟି ଦେଶରେ ୯୦ଟି ଶିଳ୍ପଶାଳା ଓ ବାଣିଜ୍ୟାଗାର ବା ବ୍ୟବସାୟିକ ସଂସ୍ଥା ଖୋଲା ଯାଇଥିଲା। ତାଙ୍କ ବ୍ୟବସାୟିକ ଉଦ୍ୟମ ଏବଂ ଉଦ୍ୟୋଗ ଶେଷରେ ଏକ ବିଶ୍ୱସ୍ତରୀୟ ଶିଳ୍ପରୂପେ ପରିଗଣିତ ହୋଇ ଯାହାକି ତାଙ୍କ ଆୟର ଏକ ମୁଖ୍ୟ ଉତ୍ସ ରୂପେ ପରିଣତ ହେଲା। ସେ ପାଲଟିଗଲେ ବିଶ୍ୱପତି। ଏବେ ସେଇ ଅର୍ଥ ତାଙ୍କ ଇଚ୍ଛାନୁଯାୟୀ ମଣିଷଜାତିର ସେବାରେ ବିନିଯୋଗ ହେଉଛି ବିଶେଷକରି ନୋବେଲ ପୁରସ୍କାର ଆକାରରେ ପ୍ରତିବର୍ଷ ଯାହାକି ମାନବ ସେବା ପାଇଁ ତଥା ସୃଜନପାଇଁ ପ୍ରେରଣାର ଉତ୍ସ ଓ ଶ୍ରମର ମର୍ଯ୍ୟଦା ସ୍ୱରୂପ ଅଟେ। ଏମିତି ଏକ ଉର୍ତ୍ସଗୀକୃତ ଜୀବନ ପାଇଁ ଏକ ଘଟଣା ତାଙ୍କ ଆଖି ଖୋଲିଦେଲା। ବିଶ୍ୱର ସବୁଠାରୁ ସମ୍ମାନଜନକ ପୁରସ୍କାର ନୋବେଲ ପୁରସ୍କାର ସ୍ଥାପନର ଇତିହାସ ମଧ୍ୟ ଖୁବ୍ ସମ୍ବେଦନଶୀଳ। ସମ୍ବାଦପତ୍ରରେ ଶୋକବାର୍ତ୍ତାର କେଇଟି ବାକ୍ୟ ବିଖ୍ୟାତ ରସାୟନ୍‌ବିଦ୍, ଇଞ୍ଜିନିୟର, ଉଦ୍ଭାବକ ତଥା ଉଦ୍ୟୋଗପତି ଆଲଫ୍ରେଡ୍ ନୋବେଲଙ୍କ ହୃଦୟ ଓ ମସ୍ତିଷ୍କ ସବୁକିଛିକୁ ଦୋହଲାଇ ଦେଇଥିଲା। ଘଟଣାଟି ୧୮୮୮ ମସିହାର। ଆଲ୍‌ଫ୍ରେଡ୍‌ଙ୍କ ଭାଇ ଲୁଡଭିଗ୍ କେନ୍‌ସରେ ଥିବା ସମୟରେ ମୃତ୍ୟୁବରଣ କଲେ। ଏକ ଫରାସୀ ଖବରକାଗଜ ଭୁଲବଶତଃ ଲୁଡ୍‌ଭିଗ୍‌ଙ୍କ ବଦଳରେ ଆଲ୍‌ଫ୍ରେଡ୍‌ଙ୍କ ମୃତ୍ୟୁ ଘଟିଛିମାନେ କରି ଖବରକାଗଜରେ ଶୋକ ସମ୍ବାଦଟିଏ ଦେଲେ। ଏହି ଶୋକ ସମ୍ବାଦଟି ପଢ଼ିବା ପରେ ଆଲ୍‌ଫ୍ରେଡ୍ ଚିନ୍ତା କଲେ କ’ଣ ଲୋକମାନେ ମତେ ଏମିତି ଦୃଷ୍ଟିରେ ଦେଖୁଛନ୍ତି ? ସେମାନେ ମତେ ଏକ ଦୁଷ୍ଟ ଆତ୍ମା ଭାବରେ ମନେ ରଖିବେ ? ଶୋକସମ୍ବାଦର ଶିରୋନାମା ଥିଲା ‘ମୃତ୍ୟୁର ସୌଦାଗର ମୃତ’। ଖବରଟିରେ ତାଙ୍କ ଡିନାମାଇଟ୍ ଆବିଷ୍କାରକୁ ତିରସ୍କାର କରାଯାଇଥିଲା। ଲେଖାଯାଇଥିଲା-ଡଃ ଆଲ୍‌ଫ୍ରେଡ୍ ନୋବେଲ ଯେ ଲୋକମାନଙ୍କୁ ହତ୍ୟା କରିବାର ଦ୍ରୁତତମ ଉପାୟ ଖୋଜି ବାହାର କରି ଧନୀ ପାଲଟି ଯାଇଥିଲେ, ଶେଷରେ ମୃତ୍ୟୁବରଣ କରିଛନ୍ତି। ପତ୍ନୀ ଓ ସନ୍ତାନ ନଥିବା ଆଲ୍‌ଫ୍ରେଡ୍ ଖୁବ୍ ଦୁଃଖିତ ହେଲେ ଏଇ ଖବରଟିରେ। ସେ ଏମିତି ଭାବରେ ଲୋକଙ୍କ ସ୍ମୃତିରେ ରହିବେ ଏ ଚିନ୍ତା ତାଙ୍କୁ ଅସ୍ଥିର କରିଦେଲା। ଶେଷରେ ୧୮୯୫ ମସିହା ନଭେମ୍ବର ୨୭ ତାରିଖରେ ପ୍ୟାରିସ୍‌ସ୍ଥିତ ସ୍ୱିଡ଼ିସ୍ ନରୱେ କ୍ଲବଠାରେ ସେ ନିଜର ଶେଷ ଇଚ୍ଛାପତ୍ର ଏବଂ ଶପଥପତ୍ରରେ ସ୍ୱାକ୍ଷର କଲେ। ଏହି ଇଚ୍ଛାପତ୍ରରେ ପ୍ରତିବର୍ଷ ନୋବେଲ ପୁରସ୍କାର ପ୍ରଦାନ ପାଇଁ ଉଲ୍ଲେଖ କରାଗଲା। ଏଥିପାଇଁ ନିଜ ସମ୍ପତ୍ତିର ୯୪ ପ୍ରତିଶତ ଅଂଶ ସେ ଦାନ କରିଥିଲେ। ସେତେବେଳେ ଏହି ସମ୍ପତ୍ତିର ମୂଲ୍ୟ ଥିଲା ୩୧୨୨୫୦୦୦ ସ୍ୱିଡ଼ିସ୍ ମୁଦ୍ରା। ନୋବେଲ ୧୦ ଡିସେମ୍ବର ୧୮୯୬ରେ ତାଙ୍କ ନିଜ ଘର ସାନରେମୋ ଇଟାଲୀରେ ଶେଷ ନିଦ୍ରା ଯାଇଥିଲେ। ପ୍ରତିବର୍ଷ ତାଙ୍କର ଏହି ମୃତ୍ୟୁ ଦିବସରେ ନୋବେଲ ପୁରସ୍କାର ପାଇଁ ମନୋନୀତ ବ୍ୟକ୍ତିବିଶେଷଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥାଏ। ମୃତ୍ୟୁ ପୂର୍ବରୁ ତାଙ୍କ ଇଚ୍ଛାନୁସାରେ ଏ ପୁରସ୍କାର ୧୯୦୧ ଠାରୁ ଦିଆଯାଇଆସୁଛି। ଏଥିପୂର୍ବରୁ ୧୯୬୯ ମସିହାରେ ପ୍ରଥମେ ଅର୍ଥନୀତି ଉପରେ ନୋବେଲ ପୁରସ୍କାର ପ୍ରଦାନ କରାଯାଇଥିଲା। ଆମ ଦେଶରୁ ସର୍ବ ପ୍ରଥମେ ସାହିତ୍ୟରେ ଗୀତାଞ୍ଜଳି ପାଇଁ ରବିନ୍ଦ୍ରନାଥ ଠାକୁର ୧୯୧୩ ମସିହାରେ ନୋବେଲ ପୁରସ୍କାର ପାଇଛନ୍ତି। ୧୯୩୯ ମସିହାରେ ଚନ୍ଦ୍ରଶେଖର ଭେଙ୍କଟରମଣ ବିଜ୍ଞାନ ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଏହାବ୍ୟତୀତ ଡ. ହରଗୋବିନ୍ଦ ଖୁରାନା (ବିଜ୍ଞାନ), ଅମର୍ତ୍ତ୍ୟ ସେନ (ଅର୍ଥନୀତି) ଏବଂ ମଦର ଟେରେସା (ଶାନ୍ତି) ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଗତବର୍ଷ ଭାରତର କୈଳାସ ସତ୍ୟାର୍ଥୀ, ପାକିସ୍ତାନର କିଶୋରୀ ମଲାଲା ୟୁସୁଫଜାଇଙ୍କ ସହ ମିଳିତ ଭାବରେ ନୋବେଲ ଶାନ୍ତି ପୁରସ୍କାର ଲାଭ କରିଥିଲେ। ନୋବେଲ ପୁରସ୍କାର ଏକ ସମୟରେ ସ୍ୱିଡ଼େନର ଷ୍ଟକହୋମ ଓ ନରୱେର ଓସ୍‌ଲୋଠାରୁ ସଂପୃକ୍ତ ରାଜପରିବାରମାନଙ୍କର ଉପସ୍ଥିତିରେ ପ୍ରଦାନ ହୋଇଥାଏ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com


Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com


## ଫୁଲନଖରାରୁ ଜବର ଦଖଲ ଉଚ୍ଛେଦ



ଫୁଲନଖରା (ପିଏନ୍)-କଟକ ମହାନଗର ନିଗମ ୫୯ନମ୍ବର ୱାର୍ଡ଼ ଅନ୍ତର୍ଗତ ଫୁଲନଖରା ଛକରୁ ଜବର ଦଖଲ ଉଚ୍ଛେଦ ହୋଇଛି। ପ୍ରଶାସନ, ପୁଲିସ ଓ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ମିଳିତ ସହଯୋଗରେ ଏହି ଅଭିଯାନ ଆରମ୍ଭ ହୋଇଛି। ୧୬ନମ୍ବର ଜାତୀୟ ରାଜପଥ ଫୁଲନଖରା ଛକଠାରୁ ରାଜପଥ ପାର୍ଶ୍ୱ ବମ୍ପକୁଦ ପର୍ଯ୍ୟନ୍ତ ଏହି ଉଚ୍ଛେଦ ପ୍ରକ୍ରିୟା ଚାଲିଥିଲା। ଏଥିରେ ସିଏମସି ଡେପୁଟୀ କମିଶନର ଅଜୟକୁମାର ମହାନ୍ତି, ସଦର ଥାନା ଅଧିକାରୀ ରଶ୍ମିରଂଜନ ମହାପାତ୍ର, ଜାତୀୟ ରାଜପଥ ଅଧିକାରୀ ପଞ୍ଚାନନ ପାଲ, ପ୍ରଭାତ ଲେଙ୍କା, ରବିନ୍ଦ୍ର ଜେନା, ଅଶୋକ ବାରିକ ଏବଂ ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ଼ ଉପସ୍ଥିତ ଥିଲେ। ପ୍ରଥମ ପର୍ଯ୍ୟାୟରେ ଜଳଖିଆ ଦୋକାନ, ଢାବା, ଗ୍ୟାରେଜ, ପାନ ଦୋକାନ ଓ ଅନ୍ୟାନ୍ୟ ୨୨ଟି ବେଆଇନ ନିର୍ମାଣକୁ ବୁଲଡୋଜର ଲଗାଇ ଉଚ୍ଛେଦ କରାଯାଇଥିଲାବେଳେ ପରବର୍ତ୍ତୀ ପର୍ଯ୍ୟାୟରେ ବମ୍ପକୁଦଠାରୁ କଟକ ଶିଖରପୁର ପର୍ଯ୍ୟନ୍ତ ଜବର ଦଖଲ ଉଚ୍ଛେଦ କାର୍ଯ୍ୟ ଚାଲିବ ବୋଲି ଅଧିକାରୀମାନେ ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ, ୨୦୧୩ ମସିହା ନଭେମ୍ବର ୨୭ ତାରିଖରେ ପ୍ରଶାସନ ତରଫରୁ ଫୁଲନଖରା ବଜାରରୁ ବେଆଇନ ଜବର ଦଖଲ ଉଚ୍ଛେଦ କରାଯାଇଥିଲା।

# ଡେଉଁଛି କି ଆଖି ? ‘ଡେଉଁଛି ମୋ ବାଁ ଆଖି......’

*ନାରାୟଣ ଚନ୍ଦ୍ର ବିଶ୍ୱାଳ*

ଆଧୁନିକ ଓଡ଼ିଆ ସଙ୍ଗୀତର ଏକ ଲୋକପ୍ରିୟ ଗୀତଟିକୁ ମନେପକାନ୍ତୁ - ‘ଡେଉଁଛି ମୋ ବାଁ ଆଖି, ସତେ କିଏ ଆସିବ କି..... ?’ ଆଖି ଡେଇଁବାକୁ ନେଇ ଆମ ସମାଜରେ ଅନେକ କିଛି କଥା ଜଡ଼ିତ ଅଛି। କିଏ ଏହାକୁ ଶୁଭ ଅଶୁଭ ସହ ଯୋଡ଼େ ତ କିଏ ଅମଙ୍ଗଳ ହେବାର ସଙ୍କେତ ଭାବେ ଗ୍ରହଣ କରେ। ତେବେ ପ୍ରକୃତରେ ଦେଖିବାକୁ ଗଲେ ଆଖି ଡେଇଁବା ଆମ ସ୍ୱାସ୍ଥ୍ୟ ସହ ଜଡ଼ିତ। ବିଜ୍ଞାନ କହେ ମାଂସପେଶୀରେ ସଙ୍କୋଚନ ହେଲେ ଆଖି ଡେଇଁଥାଏ। ଆଖିର ନର୍ଭ ଆଖି ଡେଇଁବା ପଛର ବଡ଼ କାରଣ ହୋଇଥାଏ। ଆମର ଆଖିପତା ବହୁତ ସମ୍ବେଦନଶୀଳ। ତେଣୁ ନର୍ଭରେ କିଛି କାରଣରୁ ସୃଷ୍ଟି ହେଉଥିବା ସନ୍ନେସନ ଯୋଗୁ ଆଖି ପଲକ ଡେଇଁପାରେ। ସାଧାରଣତଃ ଆଖି ଡେଇଁବା ଆପେ ବନ୍ଦ ହୋଇଯାଇଥାଏ। କିଛି ସେକେଣ୍ଡରୁ ଆରମ୍ଭ ହୋଇ ଦୁଇ ମିନିଟ ପର୍ଯ୍ୟନ୍ତ ବି ଏହା ହୁଏ। ଏମିତିରେ ଚିନ୍ତାର କିଛି ବିଷୟ ନଥାଏ। ତେବେ ବେଳେ ବେଳେ ଆଖି ଡେଇଁବା ଦୀର୍ଘ ସମୟ ଧରି ଜୋର ଜୋର ହୁଏ। ଏମିତିକି ଭଲରେ ଦେଖାଯାଏ ନାହିଁ। ଏଭଳି ସ୍ଥିତିକୁ ବ୍ଲେଫେରୋସ୍ପାଜମ୍ କୁହାଯାଏ। ଏ କ୍ଷେତ୍ରରେ ଡାକ୍ତରଙ୍କ ପରାମର୍ଶ ନେବା ଜରୁରୀ। ଆଜିର ମଣିଷର ଲାଇଫଷ୍ଟାଇଲ ବି ଅନେକାଂଶରେ ଆଖି ଡେଇଁବା ପଛର କାରଣ ହୋଇପାରେ। ଯେମିତିକି ଷ୍ଟ୍ରେସ ବା ଚାପ - ଆଜିକାଲି ପ୍ରାୟ ସମସ୍ତେ ଷ୍ଟ୍ରେସରେ ରହୁଛନ୍ତି। ଆଉ ଶରୀର ଏହି ଷ୍ଟ୍ରେସକୁ ରିଲିଜ କରିବା ଲାଗି କିଛି ଉପାୟ ଅବଲମ୍ବନ କରେ। ତନ୍ମଧ୍ୟରେ ଆଖି ଡେଇଁବା ବି ଗୋଟେ କାରଣ ହୋଇପାରେ। ଯଦ୍ୱାରା କି ବ୍ରେନ ଡାଇଭର୍ଟ ହୋଇ ଶରୀର ଷ୍ଟ୍ରେସରୁ ବାହାରିପାରେ। ଅତ୍ୟଧିକ କ୍ୟାଫିନ ସେବନ - ଅଧିକ ଚା’, କଫି ପିଇଲେ ଶରୀରରେ କ୍ୟାଫିନର ମାତ୍ରା ବଢ଼ିଯାଏ। କ୍ୟାଫିନ ଶରୀରରେ ମେଟାବୋଲିଜମକୁ ବୁଷ୍ଟ କରେ, ହାର୍ଟରେଟ ବଢ଼ାଏ, ମସଲ୍ସ ବା ମାଂସପେଶୀରେ ସମ୍ବେଦନଶୀଳତା ବଢ଼ାଇବା କାମ କରେ। ଏହି ମସଲଗୁଡ଼ିକ ଭିତରେ ଆଖିର ମସଲ୍ସ ବି ଥାଇପାରେ ଯାହା ଆଖିର ନର୍ଭ ସହ ଆଟାଚ୍ ହୋଇଥାଏ। ଏହି ମସଲ୍ସ ସମ୍ବେଦନଶୀଳ ହେବାଯୋଗୁ ଆଖି ଡେଇଁଥାଏ। ଆଲକହଲ - ଆଲକହଲ ବି କ୍ୟାଫିନ ପରି ଆଖି ପଲକ ସନସେସନର କାରଣ ହୋଇପାରେ। ଯଦି ଆଖି ଡେଇଁବା ସମସ୍ୟା ଲଗାତାର ହେଉଥାଏ ତେବେ ଆଲକହଲର ଉପରେ ତୁରନ୍ତ ନିୟନ୍ତ୍ରଣ ଆଣିବା ଜରୁରୀ।

ଏହାବାଦ ଆଖି ଡେଇଁବା ସମସ୍ୟା ଆଖି ସହ ଜଡ଼ିତ କିଛି ସ୍ୱାସ୍ଥ୍ୟ ସମସ୍ୟାର କାରଣ ସ୍ୱରୂପ ବି ହୋଇପାରେ। ଯେମିତିକି ଆଖିରେ ଆଲର୍ଜି ହୋଇଥିବା, ଆଖି ଅଧିକ ଥକିଥିବା, ଆଖି ଶୁଷ୍କ ହେବା ଆଦି। ଯଦି ଏହା ମଧ୍ୟରୁ କିଛି ବି ଆଖି ସମସ୍ୟା ଥାଏ, ତେବେ ଉପଚାର କରାଇଲେ ଆଖି ଡେଇଁବା ସମସ୍ୟା ଦୂରେଇ ଯିବ। ଆଉ ଯଦି ଅଧିକାଂଶ ସମୟ ଆଖି ଡେଉଁଥାଏ ଏହାଯୋଗୁ ଦୃଷ୍ଟିଶକ୍ତି ଦୁର୍ବଳ ହୋଇପାରେ ଓ ଦେଖିବାରେ ଅସୁବିଧା ସୃଷ୍ଟି ହୋଇପାରେ।

ବାକ୍‌ଶ୍ରବଣ ବିଶେଷଜ୍ଞ, ଧ୍ୱନୀ, କାଠଗୋଲାରୋଡ଼,
ମଙ୍ଗଳାବାଗ, କଟକ,
ଦୂରଭାଷ : ୯୪୩୮୨୭୬୭୬୦




# ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀକୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା

ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଳହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ି ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଦ୍ଧିବଦ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ନ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ି କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବ ି କେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂ ିଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହ ି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭ ି କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧ୍ୟରେ କୋଭିଡ ଡାକ୍ତରଖାନା ଥିବା ସ େ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଳହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃ ି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂ ିଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭ ି କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।



### ବରିଷ୍ଠ ନାଗରିକ ସଂଘ ସଂକଳ୍ପର ବାର୍ଷିକ ଉତ୍ସବ

ଭୁବନେଶ୍ୱର,(ପି.ଏନ): ବରିଷ୍ଠ ନାଗରିକ ସଂଘ ସଂକଳ୍ପର ବାର୍ଷିକ ଉତ୍ସବ ଚନ୍ଦ୍ରଶେଖରପୁର ସ୍ଥିତ ଏକ ହୋଟେଲ ପରିସରରେ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି । ଏହି ଉତ୍ସବରେ ମୁଖ୍ୟ ଅତିଥି ଭାବେ ହୃଦରୋଗ ବିଶେଷଜ୍ଞ ଡାକ୍ତର ସୁଶା' ଶୈଳ ଯୋଗଦେଇ ହୃଦରୋଗର ଲକ୍ଷଣ, ପ୍ରତିକାର, ପ୍ରତିଷେଧକ ଓ ଚିକିତ୍ସା ଉପରେ ଆଲୋକପାତ କରିଥିଲେ । ମୁଖ୍ୟବକ୍ତା ଭାବେ ବିଶିଷ୍ଟ ମନସ୍ତ ୍ୱବିତ୍ ପ୍ରଫେସର ଫକୀର ମୋହନ ସାହୁ ଯୋଗଦେଇ ବୟସ୍କମାନେ କିପରି ଚାପଗ୍ରସ୍ତ ଜୀବନରୁ ମୁକ୍ତି ପଇବେ ସେ ଉପରେ ମାର୍ଗଦର୍ଶନ ଦେଇଥିଲେ । ସମ୍ମାନୀତ ଅତିଥି ଆଇନଜୀବୀ ବିଜୟ କୁମାର ପାତ୍ର ବରିଷ୍ଠ ନାଗରିକ ମାନଙ୍କର ବ ିମାନ ସମାଜ ପାଇଁ ସାମାଜିକ ଦାୟିତ୍ୱ ଓ ପାରିବାରିକ ମୂଲ୍ୟବୋଧତା ଉପରେ ଆଲୋଚନା କରିଥିଲେ । ସଂକଳ୍ପର ସଭାପତି ଅତିଥି ପରିଚୟ ପ୍ରଦାନ କରିବା ସହିତ ପ୍ରାରମ୍ଭିକ ଭାଷଣ ରଖିଥିଲେ । ସାଧାରଣ ସମ୍ପାଦକ ପାଣ୍ଡବ ବେହେରା ସାମାଜିକ କାର୍ଯ୍ୟକ୍ରମର ବାର୍ଷିକ ବୀବରଣୀ ଓ କୋଷାଧ୍ୟକ୍ଷ ଦୟାନିଧି ପୃଷ୍ଟି ଆୟ-ବ୍ୟୟର ବୀବରଣୀ ପାଠ କରିଥିଲେ ।

### ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ସୁରସ୍କୃତ କରାଯାଇଅଛି । ତାଙ୍କର କର୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ୍ୟ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

### ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

# କଳାହାଣ୍ଡି ଜିଲ୍ଲାରେ କୌଶଳ ରଥ କାର୍ଯ୍ୟକ୍ରମର ପ୍ରଥମ ଦିନ

ଭବାନୀପାଟଣା,(ପି.ଏନ):ଜିଲ୍ଲାରେ ବୈଷୟିକ ଶିକ୍ଷା କୁ ପ୍ରୋତ୍ସାହନ ଦେବାପାଇଁ ରାଜ୍ୟ ସରକାରଙ୍କ ତରଫରୁ କୌଶଳ ରଥ କଳାହାଣ୍ଡି ଜିଲ୍ଲା ପରିଦର୍ଶନ କରୁଅଛି ଏହି କ୍ରମରେ ପ୍ରଥମ ଦିନରେ କୌଶଳ ରଥ ଆମପାଣି ଆଶ୍ରମ ବିଦ୍ୟାଳୟ ପରିଦର୍ଶନ କରିଥିଲା ଏଥିରେ ବୁଢାରଜା ଉଚ୍ଚ ବିଦ୍ୟାଳୟ, ଆମପାଣି ର ପ୍ରାୟ ୧୨୦୦ ଛାତ୍ର ଛାତ୍ରୀମାନେ ରଥ ପରିଦର୍ଶନ କରିଥିଲେ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ସହ କୁଇଜ୍ ପ୍ରତିଯୋଗିତା ରେ ଅଂଶ ଗ୍ରହଣ କରିଥଲେ ।ଦ୍ୱିତୀୟ କାର୍ଯ୍ୟକ୍ରମ ଧର୍ମଗଡ଼ ପଂଚାୟତ ମହାବିଦ୍ୟାଳୟ ଠାରେ ଅନୁଷ୍ଠିତ ହୋଇଥିଲା ଏଥିରେ ସରକାରୀ ବାଳିକା ବିଦ୍ୟାଳୟ, ସରକାରୀ ବାଳକ ଉଚ୍ଚ୍ଚ ବିଦ୍ୟାଳୟ, ସରକାରୀ ମହିଳା ମହାବିଦ୍ୟାଳୟ ର ୧୦୦୦ ରୁ ଉର୍ଦ୍ଧ ଛାତ୍ର ଛାତ୍ରୀ ମାନେ ରଥ ପରିଦର୍ଶନ କରିଥିଲେ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ସହ କୁଇଜ୍ ପ୍ରତିଯୋଗିତା ରେ ଅଂଶ ଗ୍ରହଣ କରିଥଲେ ।ଏହି କାର୍ଯ୍ୟକ୍ରମ ରେ ମୁଖ୍ୟ ଅତିଥି ରୂପେ ଧର୍ମଗଡ଼ ଉପ ଜିଲ୍ଲାପାଳ ଶ୍ରୀ ଧୀମାନ ଚ଼ାକମା ଯୋଗଦେଇ ପିଲାମାନଙ୍କୁ ଉତ୍ସାହିତ କରିଥିଲେ ଏବଂ ଏହାପରେ ଜୁନାଗଡ଼ ସ୍ଥିତ କୁରୁଗୁଡ଼ା ଆଶ୍ରମ ବିଦ୍ୟାଳୟ ରେ ଅନୁଷ୍ଠିତ କାର୍ଯ୍ୟକ୍ରମ ରେ ଆଇ ଟି ଆଇ ଜୁନାଗଡ଼, କୁରୁଗୁଡ଼ା ବାଳିକା ଉଚ୍ଚ୍ଚ ବିଦ୍ୟାଳୟ ଓ ପ୍ରିୟଦର୍ଶିନୀ ଇନ୍ଦିରା ମହାବିଦ୍ୟାଳୟ ର ପ୍ରାୟ ୧୫୦୦ ଛାତ୍ର ଛାତ୍ରୀ ମାନେ ରଥ ପରିଦର୍ଶନ କରିଥିଲେ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ସହ କୁଇଜ୍ ପ୍ରତିଯୋଗିତା ରେ ଅଂଶ ଗ୍ରହଣ କରିଥଲେ ।ଏହି କାର୍ଯ୍ୟକ୍ରମ ରେ ଅତିଥି ରୂପେ ଜିଲ୍ଲା ମଙ୍ଗଳ ଅଧିକାରୀ ଅରବିନ୍ଦ ରାୟ ଯୋଗ ଦେଇଥିବା ବେଳେ ଓଞ୍ଜଓ ଜୁନାଗଡ଼ ର ଅଧକ୍ଷ ସ୍ନେହାଶିଷ ମୁଦୁଲି, କୁରୁଗୁଡ଼ା ଆଶ୍ରମ ସ୍କୁଲ ର ପ୍ରଧାନ ଶିକ୍ଷକ ହୃଷିକେଶ ମେହେର ଓ ସମସ୍ତ ଶିକ୍ଷାନୁଷ୍ଠାନ ର ଅଧକ୍ଷ ଓ ଶିକ୍ଷକ ଶିକ୍ଷୟତ୍ରୀ ମାନେ ଯୋଗ ଦେଇଥିଲେ ।ଉକ୍ତ କାର୍ଯ୍ୟକ୍ରମ କୁ ଜିଲ୍ଲା ଦକ୍ଷତା ବିକାଶ ତଥା ନିୟୋଜନ ଅଧିକାରୀ ଶ୍ରୀ ଅଜିତ କୁମାର ଉଡରାୟ ପରିଚ଼ାଳନା କରିଥିବା ବେଳେ ଜିଲ୍ଲା ଦକ୍ଷତା ବିକାଶ ତଥା ନିୟୋଜନ କାର୍ଯ୍ୟାଳୟ କଳାହାଣ୍ଡି ରୁ ଶ୍ରୀ ସୁବିଦିତ ସାମନ୍ତରାୟ, ଶ୍ରୀ ସୁବ୍ରତ ମେହେର, ପ୍ରିୟା ବୋଡାଦେ, କେଶବ ଗାଭାଳେ, ମନୋଜ ବର୍ଗରଟି ଆଦି ସହାୟତା କରିଥିଲେ ।ଆସନ୍ତା କାଲି ଅଗଷ୍ଟ ୦୯ ତାରିଖ ସରକାରୀ ଶିଳ୍ପ ତାଲିମ କେନ୍ଦ୍ର ଭବାନୀପାଟଣା, ଉଞ୍ଜଓ , ମା ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ, ସରକାରୀ ପଲିଟେକ୍ନିକ, ଭବାନୀପାଟଣା, ଶାହୀ ଏକ୍ସପୋର୍ଟସ, ଓଡିଶା ଆଦର୍ଶ ବିଦ୍ୟାଳୟ, ବେଦାନ୍ତ ତାଲିମ କେନ୍ଦ୍ର, ଅଗଷ୍ଟ ୧୦ ତାରିଖ ଦିନ ବିଶ୍ୱନାଥପୁର ମହାବିଦ୍ୟାଳୟ, ଲାଞ୍ଜିଗଡ଼ ଆଶ୍ରମ ବିଦ୍ୟାଳୟ, ଲାଞ୍ଜିଗଡ ମହାବିଦ୍ୟାଳୟ, ବେଦାନ୍ତ ତାଲିମ କେନ୍ଦ୍ର. ଅଗଷ୍ଟ ୧୧ ତାରିଖ ସରକାରୀ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ପାଷ୍ଟିକୁଡି ଆଶ୍ରମ ବିଦ୍ୟାଳୟ, ଅଧମୁଣ୍ଡା ଆଶ୍ରମ ବିଦ୍ୟାଳୟ ଓ କେସିଙ୍ଗା ମହାବିଦ୍ୟାଳୟ ଗ୍ରସ୍ତ କରି ବୋର୍ଡ଼ା ଠାରେ ନୂଆପଡା ଜିଲ୍ଲା କୁ ହସ୍ତାନ୍ତର କରାଯିବ ପାଇଁ ଧାର୍ଯ୍ୟ କରାଯାଇଛି ବୋଲି ଜିଲ୍ଲା ଦକ୍ଷତା ବିକାଶ ତଥା ନିୟୋଜନ ଅଧିକାରୀ ଅଜିତ କୁମାର ଉଡରାୟ ପ୍ରକାଶ କରିଛନ୍ତି ।

# ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

# ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନଓ୍ୱର, ସେକ୍ ସିକ୍ରୁ, ଗେଜ ମୁଣ୍ଡା, ମ୍ଗୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

# କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୃଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଳଦା,ଫୁଲଝରେ,କୁମ୍ଭିରି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ିହୀନ ଅଭିଯୋଗ କରି କାରଖାନା କ ୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ େଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

# ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

# ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଲାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍ୟାକେଡ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଲିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

# ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତ୍ରୁଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗୀ ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ଖେଳ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Saturday August 10 2024 ଭୁବନେଶ୍ୱର ଶନିବାର, ଅଗଷ୍ଟ ୧୦,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com




## ଜିନ୍ଦଲ ଷ୍ଟେନଲେସ ଲିମିଟେଡର ପ୍ରତିଷ୍ଠାତା ଓ.ପି. ଜିନ୍ଦଲଙ୍କ ଜନ୍ମ ବାର୍ଷିକୀ ପାଳନ

ଯାଜପୁର, (ପି.ଏନ) : ଜିନ୍ଦଲ ଷ୍ଟେନଲେସ ଲିମିଟେଡ (ଜେଏସଏଲ) ଆଜି ଏହାର ପ୍ରତିଷ୍ଠାତା ସ୍ୱର୍ଗତ ଶ୍ରୀ ଓ ପି ଜିନ୍ଦଲଙ୍କ ଜନ୍ମ ବାର୍ଷିକୀକୁ ସମ୍ମାନ ଜଣାଇବା ପାଇଁ ଅନେକ ସମାଜ ସେବା ପଦକ୍ଷେପ ଆୟୋଜନ କରିଛି। ଏହି କାର୍ଯ୍ୟକଳାପରେ ରକ୍ତଦାନ ଡ୍ରାଇଭ୍, ସ୍ଥାନୀୟ ଡାକ୍ତରଖାନାଗୁଡ଼ିକରେ ଫଳ ଟୋକେଇ ବଣ୍ଟନ ଏବଂ ଲେପ୍ରୋସି କଲୋନୀରେ ଗ୍ରୋସରୀ ପ୍ୟାକେଟ ଯୋଗାଇବା ସହ ଅନାଥାଶ୍ରମ ଓ ବୃଦ୍ଧାଶ୍ରମ ରେ ଖାଦ୍ୟ ବଣ୍ଟନ ଅନ୍ତର୍ଭୁକ୍ତ ଥିଲା । କେନ୍ଦ୍ରୀୟ ରେଡ୍ କ୍ରସ୍ ସୋସାଇଟି, କଟକ ସହିତ ମିଳିତ ସହଯୋଗରେ ରକ୍ତ ଦାନ ଡ୍ରାଇଭରେ କର୍ମଚାରୀ ଏବଂ ଠିକା କର୍ମଚାରୀମାନେ ରକ୍ତଦାନ କରିବାକୁ ଉତ୍ସାହ ଓ ଉଦ୍ଦୀପନା ସହ ଆଗେଇ ଆସିଥିଲେ , ଯାହାଫଳରେ ୪୧୨ ୟୁନିଟ୍ ରକ୍ତ ସଂଗ୍ରହ ହୋଇଥିଲା । ଯାହାକି କୌଣସି କାରଖାନାରେ ଗୋଟିଏ ଦିନରେ ଏପରି ରେକର୍ଡ ସଂଖ୍ୟକ ରକ୍ତ ସଂଗ୍ରହ ହେବା ଏକ ବିରଳ ଘଟଣା । ଏହି ଗୁରୁତ୍ୱପୂର୍ଣ୍ଣ ଅବଦାନ ସ୍ଥାନୀୟ ଡାକ୍ତରଖାନା ଏବଂ ଆବଶ୍ୟକ ରୋଗୀଙ୍କୁ ଉପଲବ୍ଧ ରକ୍ତ



ଯୋଗାଣକୁ ବଢାଇବ । ଏହା ସହିତ, ଜିନ୍ଦଲ ଷ୍ଟେନଲେଶ ଦ୍ୱାରା ଦାନଗଦି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଏବଂ ଯାଜପୁର ରୋଡ୍ ଏରିଆ ହସ୍ପିଟାଲରେ ରୋଗୀଙ୍କୁ ଫଳ ଟୋକେଇ ବଣ୍ଟନ କରାଯାଇଥିଲା । ଏହା ପରେ ବୃଦ୍ଧାଶ୍ରମ (ଶାନ୍ତି ହୋମସ ) ଓ ଅନାଥାଶ୍ରମ ( ଅନ୍ନପୂର୍ଣ୍ଣା ଚାଇଲ୍ଡ କେୟାର ସେଣ୍ଟର ) ରେ ଅନ୍ତେବାସୀ ମାନଙ୍କୁ ଭୋଜନ ପ୍ରଦାନ କରାଯାଇଥିଲା ।ଏହି ସେବା କାର୍ଯ୍ୟ ମାଧ୍ୟମରେ ଆମର ପ୍ରତିଷ୍ଠାତା ସ୍ୱର୍ଗତ ଶ୍ରୀ ଓ ପି ଜିନ୍ଦଲଙ୍କ ଜୟନ୍ତୀ ପାଳନ କରି ଆମେ ଗର୍ବିତ ବୋଲି ଜିନ୍ଦଲ ଷ୍ଟେନଲେସ୍ ର ଯାଜପୁର କାରଖାନା ମୁଖ୍ୟ ଶ୍ରୀ ଦୀପକ ଅଗ୍ରୱାଲ କହିଛନ୍ତି । ସେ ଅନ୍ୟ କାରଖାନା ମାନଙ୍କୁ ମଧ୍ୟ ଏହିପରି ରକ୍ତଦାନ ଶିବିର ଆୟୋଜନ କରିବାକୁ ଆହ୍ୱାନ ଦେଇଛନ୍ତି, ଯାହାଦ୍ୱାରା ରାଜ୍ୟ ତଥା ଦେଶରେ ରକ୍ତ ଅଭାବ କିଛି ମାତ୍ରା ରେ ଦୂର ହେଇ ପାରିବ । ଏକ ସାମାଜିକ ଦାୟିତ୍ୱ ପ୍ରାପ୍ତ ସଂଗଠନର ତାଙ୍କର ଦୃଷ୍ଟିକୋଣ ଆମକୁ ଅନ୍ୟମାନଙ୍କ ଜୀବନରେ ସକରାତ୍ମକ ପ୍ରଭାବ ପକାଇବା ପାଇଁ ପ୍ରେରଣା ଯୋଗାଇଥାଏ । ଆମେ ବିଶ୍ୱାସ କରୁ ଯେ ମିଳିତ ଭାବରେ କାର୍ଯ୍ୟ କରି ଆମେ ସମସ୍ତଙ୍କ ପାଇଁ ଉଜ୍ଜ୍ୱଳ ଭବିଷ୍ୟତ ସୃଷ୍ଟି କରିପାରିବା ।

## ଥୁଆମୂଳ ରାମପୁରରେ ସରକାରୀ ଡିଗ୍ରୀ କଲେଜ ଶିକ୍ଷା ମନ୍ତ୍ରୀ କଲେ ଉଦଘାଟିତ

ଭବାନୀପାଟଣା,(ପି.ଏନ): ଆଜି ସାରା ରାଜ୍ୟରେ ୧୮ ଟି ବ୍ଲକରେ ନୂତନ ସରକାରୀ +୩( ଡିଗ୍ରୀ )କଲେଜ ନୂତନ ଶିକ୍ଷ୍ୟା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ୍ ଙ୍କ ଦ୍ୱାରା ଆଜି ଭର୍‌ଚୁଆଲ ମୋଡରେ ଉଦଘାଟିତ ହୋଇଥିବା ବେଳେ କଳାହାଣ୍ଡି ଜିଲ୍ଲା ଥୁଆମୂଳ ରାମପୁର ଠାରେ ମଧ୍ୟ ଏକ ଡିଗ୍ରୀ କଲେଜ ଶୁଭ ଉଦଘାଟିତ ହୋଇ ଯାଇଛି । ଉକ୍ତ କାର୍ଯକ୍ରମରେ ଲାଞ୍ଜିଗଡ଼ ବିଧାୟକ ପ୍ରଦୀପ୍ କୁମାର ଦିଶାରି ଉପସ୍ଥିତ ଥିଲେ । ଦୁର୍ଗମ ଅଳରେ ଗୁଣାତ୍ମକ ଶିକ୍ଷା ପାଇଁ ଏହି କଲେଜ୍ ଅଞ୍ଚଳବାସୀଙ୍କ ଆଶାର ଆଲୋକ ସଦୃଶ ହେଲେ ମଧ୍ୟ ପ୍ରଚାର୍ ପ୍ରସାର ଅଭାବରୁ ପାଠ ପଢା ପାଇଁ ୯୬ ଟି ସିଟ୍ ମଧ୍ୟରୁ ମାତ୍ର ୧୬ ଜଣ ବିଦ୍ୟାର୍ଥୀ ଆବେଦନ କରି ଆଡ଼ମିଶନ କରିଛନ୍ତି । ସେଥି ପାଇଁ ଅଫ୍ ଲାଇନରେ ମଧ୍ୟ ଆବେଦନ କରି ଆଡ଼ମିଶନ କରିବାକୁ ଅଞ୍ଚଳ ବାସୀ ଦାବି କରୁଛନ୍ତି । ଉକ୍ତ କାର୍ଯ୍ୟକ୍ରମରେ ବିଡିଓ ଧ୍ରୁବ ଚରଣ ମୁଦୁଲି, କଲେଜ୍ ଅଧ୍ୟକ୍ଷ ସର୍ବ ?ଶ୍ୱର ଉଥାନ ସିଂ .+୨ କଲେଜ ଅଧ୍ୟକ୍ଷ ସତ୍ୟନାରାୟଣ ମୁଣ୍ଡଛିନା ,ବି ଜେ ଡି ଓ ବି ଜେ ପି ର କର୍ମକର୍ତ୍ତା । ଅଞ୍ଚଳର ବୁଦ୍ଧିଜୀବୀ, ସମାଜସେବୀ ଓ ବିଭିନ୍ନ ଗଣମାଧ୍ୟମର ପ୍ରତିନିଧି ମାନେ ଉପସ୍ଥିତ ରହି ଥିଲେ ।

## ଭବାନୀପାଟଣାଠାରେ "ହରଘର ତ୍ରିରଙ୍ଗା"କାର୍ଯକ୍ରମ ନିମନ୍ତେ ପ୍ରସ୍ତୁତି ବୈଠକ



ଭବାନୀପାଟଣା,(ପି.ଏନ): ସ୍ୱାଧୀନତାର ୭୮ତମ ପର୍ବ ପାଳନ ଅବସରରେ ଏବଂ ଆଜାଦି କା ଅମୃତ ମହୋତ୍ସବ ପରିପ୍ରେକ୍ଷୀ ରେ ଆସନ୍ତା ୧୩ ତାରିଖ ରୁ ୧୫ ତାରିଖ ପର୍ଯନ୍ତ ତିନି ଦିନ ଧରି ହର ଘର ତ୍ରିରଙ୍ଗା କାର୍ଯକ୍ରମ ସାରା ଦେଶରେ ପାଳନ କରାଯିବ । ଏହି ଅବସର ରେ ରାଜ୍ୟସ୍ତରୀୟ ଆଭାଷୀ ମାଧ୍ୟମରେ ଅନୁଷ୍ଠିତ ନିର୍ଦ୍ଦେଶ ଅନୁଯାୟୀ କଳାହାଣ୍ଡି ଜିଲ୍ଲା , ବ୍ଲକ ଓ ପଞ୍ଚାୟତ ସ୍ତରରେ "ହର ଘର ତ୍ରିରଙ୍ଗା" କାର୍ଯକ୍ରମ ମହା ଆଡମ୍ବର ସହକାରେ ପାଳନ କରାଯିବା । ଏହି ଅବସର ରେ ଆଜି ସ୍ଥାନୀୟ ଜିଲ୍ଲାପରିଷଦ କଳାହାଣ୍ଡି ସ୍ଥିତ ସି.ଡି.ଓ ଙ୍କ କାର୍ଯ୍ୟାଳୟ ପ୍ରକୋଷ୍ଠରେ ସି.ଡି.ଓ ଦୟାମୟ ପାଢଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଅଛି । ଭବାନୀପାଟଣାରେ ଆସନ୍ତା ୧୩.୦୮.୨୦୨୪ ରିଖ ଦିନ ପ୍ରଦୋଷ ୭.୩୦ ମି ସମୟରେ ଏକ ବିଶାଳ ଶୋଭାଯାତ୍ରା ତ୍ରିରଙ୍ଗା ସହ ସ୍ଲୋଗାନ ଓ ଦେଶାତ୍ମବୋଧକ ସଙ୍ଗୀତ ସହ ରିଜର୍ଭ ପୋଲିସ ପଡିଆରେ ପହଞ୍ଚିବ । ଶୋଭାଯାତ୍ରାରେ ସ୍କୁଲ କଲେଜ ଛାତ୍ର ଛାତ୍ରୀ , ଜନ ପ୍ରତିନିଧି , ଏସ.ଏଚ୍.ଜି ମା , ପି. ଆର. ଆଇ ସଦସ୍ୟ , ଅଙ୍ଗନବାଡୀ କର୍ମୀ , ସରକାରୀ ଅଧିକାରୀ , ବିଭିନ୍ନ ଅନୁଷ୍ଠାନ ସଭ୍ୟ ମାନେ ଅଂଶ ଗ୍ରହଣ କରିବେ । ଶୋଭାଯାତ୍ରା ରେ ଏକ ଭ୍ରାମ୍ୟମାଣ ରଥ ସହ ମୋଟର ସାଇକେଲ ରାଲି ଅଂଶ ଗ୍ରହଣ କରିବେ । ରିଜର୍ଭ ପଡିଆ ରେ ତ୍ରିରଙ୍ଗା ଶପଥ , ତ୍ରିରଙ୍ଗା କାନଭାସ , ତ୍ରିରଙ୍ଗା ସମ୍ମାନ,ତ୍ରିରଙ୍ଗା ସେଲଫି ସହ ଦେଶାତ୍ମବୋଧକ ସଙ୍ଗୀତ ଓ ନୃତ୍ୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଗ୍ରାମ ଓ ସହରର ପ୍ରତ୍ୟେକ ଘର ମାନଙ୍କରେ ତ୍ରିରଙ୍ଗା ଜାତୀୟ ପତାକା ଉଡାଇବାକୁ ଆବଶ୍ୟକ ତ୍ରିରଙ୍ଗା ପ୍ରସ୍ତୁତ କରାଯାଉଛି । ଜିଲ୍ଲାରେ ପ୍ରାୟ ୧,୪୯,୫୦୦ ତ୍ରିରଙ୍ଗା ମିଶନ ଶକ୍ତି ମା ମାନଙ୍କ ଦ୍ୱାରା ପ୍ରସ୍ତୁତ କରାଯାଉଛି ।ଜାତୀୟ ଏକତା ଓ ଦେଶ ପ୍ରୀତି ପରି ଏକ ମହାନ ପରମ୍ପରା କୁ ବଜାୟ ରଖିବା ପାଇଁ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି । ବୈଠକ ରେ ଭାରପ୍ରାପ୍ତ ଉପଜିଲ୍ଲାପାଳ , ଭବାନୀପାଟଣା, ଡି.ଆଇ.ପି.ଆର.ଓ, ଇ. ଓ ପୌରପରିଷଦ , ବି. ଡି. ଓ , ଭବାନୀପାଟଣା , ଡି. ପି. ସି ମିଶନ ଶକ୍ତି , ଡି ପି ଏମ , ଓ ଏଲ ଏମ,ଡି.ଏସ.ଡବ୍ଲୁ.ଓ,ପି ଏମ , ପି ଏମ ଆର୍ ଏଚ୍ ଓ ଅନ୍ୟ ଅଧିକାରୀ ମାନେ ଉପସ୍ଥିତ ଥିଲେ ।

## ଭାରତୀୟ ଖେଳନା ଶିଳ୍ପର ଅଭିବୃଦ୍ଧି ପାଇଁ ଫ୍ଲିପକାର୍ଟ ଏବଂ ଡିପିଆଇଆଇଟି ସହବନ୍ଧିତ

କଟକ (ପି.ଏନ): ଭାରତକୁ ଖେଳନା ରପ୍ତାନୀ କେନ୍ଦ୍ର ଭାବରେ ଅବସ୍ଥାପିତ କରିବାର ଏଜେଣ୍ଡାକୁ ଆଗକୁ ବଢାଇବା ପାଇଁ ଫ୍ଲିପକାର୍ଟ ଏବଂ ଆଭ୍ୟ'ରୀଣ ବାଣିଜ୍ୟ ପ୍ରୋତ୍ସାହନ ବିଭାଗ (ଡିପିଆଇଆଇଟି) ସହଯୋଗରେ ଏକ କର୍ମଶାଳାର ଆୟୋଜନ କରାଯାଇଛି । ବିଶ୍ୱ ଖେଳନା ଯୋଗାଣ ଶୃଙ୍ଖଳାରେ ଭାରତର ସାମର୍ଥ୍ୟ ବୃଦ୍ଧି କରିବା ଏହି କର୍ମଶାଳାର ଉଦ୍ଦେଶ୍ୟ ଥିଲା । ଭାରତର ସମୃଦ୍ଧ ସାଂସ୍କୃତିକ ଐତିହ୍ୟକୁ ପ୍ରତିନିଧିତ୍ୱ କରୁଥିବା ଅଭିନବ ଏବଂ ଉଚ୍ଚ ମାନର ଖେଳନା ଉତ୍ପାଦନ କରିବା ପାଇଁ ଘରୋଇ ନିର୍ମାତାମାନଙ୍କୁ ଦକ୍ଷ ଏବଂ ପୁନଃରୁଦ୍ଧାର କରିବା ଉପରେ ଏହି କର୍ମାଶାଳା ଗୁରୁତ୍ୱାରୋପ କରାଯାଇଛି । ଭାରତକୁ ଖେଳନା ଉତ୍ପାଦନ ପାଇଁ ଏକ ବିଶ୍ୱସ୍ତରୀୟ ଉତ୍ପାଦନ କେନ୍ଦ୍ରରେ ପରିଣତ କରିବା ଉଦ୍ଦେଶ୍ୟରେ ସରକାର ଯୋଜନା ପାଇଁ ଏକ ବିସ୍ତୃତ ଜାତୀୟ କାର୍ଯ୍ୟ ଯୋଜନା (ଏନଏପିଟି) ପ୍ରଣୟନ ସମେତ ଅନେକ ରଣନୈତିକ ପଦକ୍ଷେପ କାର୍ଯ୍ୟକାରୀ କରିଛି । ଗୁଣବତା ବୃଦ୍ଧି ଉଦ୍ଭାବନ ଏବଂ ବଜାର ସଂପ୍ରସାରଣ ମାଧ୍ୟମରେ ଭାରତୀୟ ଖେଳନା ଶିଳ୍ପକୁ ଉନ୍ନତ କରିବା ଏନଏପିଟି ଅଧିନରେ ପ୍ରମୁଖ ପଦକ୍ଷେପର ଲକ୍ଷ୍ୟ । ଏହି କାର୍ଯ୍ୟକ୍ରମରେ ସମ୍ପାଦକ ଶ୍ରୀ ରାଜେଶ କୁମାର ସିଂହ (ଡିପିଆଇଆଇଟି), ସହ ସଂପାଦକ ଶ୍ରୀ ସଂଜୀବ (ଡିପିଆଇଆଇଟି), ନିର୍ଦ୍ଦେଶକ ମହମ୍ମଦ ଇସହାର ଅଲ୍ଲୀ (ଡିପିଆଇଆଇଟି), ମୁଖ୍ୟ କର୍ପୋରେଟ ବ୍ୟାପର ଅଧିକାରୀ ରାଜନିଶ କୁମାର (ଡିପିଆଇଆଇଟି), ଫ୍ଲିପକାର୍ଟର ଏଫଏମସିଜି ଏବଂ ଜେନେରାଲ ମାର୍କେଣ୍ଡାଇଜର ମୁଖ୍ୟ ମରୀ ସିଂଘଲ ପ୍ରମୁଖ ଉପସ୍ଥିତ ଥିଲେ । ଏହି କାର୍ଯ୍ୟକ୍ରମର ସଫଳତା ସଂପର୍କରେ ସୂଚନା ଦେଇ ଶିଳ୍ପ ଓ ଆଭ୍ୟ'ରୀଣ ବାଣିଜ୍ୟ ପ୍ରୋତ୍ସାହନ ବିଭାଗ (ଡିପିଆଇଆଇଟି)ର ସଂପାଦକ ରାଜେଶ କୁମାର ସିଂହ କହିଛନ୍ତି ଯେ, ଭାରତୀୟ ଖେଳନା କ୍ଷେତ୍ରରେ ଉନ୍ନତି ପାଇଁ ଅନୁକୂଳ ବାତାବରଣ ସୃଷ୍ଟି କରିବାକୁ ଆମେ ସମର୍ପିତ । ଫ୍ଲିପକାର୍ଟ ଭଳି ଶିଳ୍ପପତିଙ୍କ ସହ ସହଯୋଗ କରି ଆମେ ଭାରତକୁ ଉଚ ମାନର ଖେଳନାର ଏକ ଅଗ୍ରଣୀ ରପ୍ତାନିକାରୀ ଦେଶରେ ପରିଣତ କରିବା ଦିଗରେ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ନେଉଛୁ ।' ଫ୍ଲିପକାର୍ଟର ମୁଖ୍ୟ କର୍ପୋରେଟ ବ୍ୟାପାର ଅଧିକାରୀ ଶ୍ରୀ ରାଜନୀଶ କୁମାର କହିଛନ୍ତି ଯେ, ଫ୍ଲିପକାର୍ଟ ମାର୍କେଟପ୍ଲେସ ଜରିଆରେ ଆମେ ସ୍ଥାନୀୟ ଖେଳନା ନିର୍ମାତାଙ୍କୁ ସମଗ୍ର ଭାରତରେ ଗ୍ରାହକଙ୍କ ନିକଟରେ ପହଂଚିବା ପାଇଁ ଏକ ପ୍ଲାଟଫର୍ମ ପ୍ରଦାନ କରିବାରେ ସକ୍ଷମ ହୋଇଛୁ । ଭାରତରେ ଖେଳନା ଶିଳ୍ପକୁ ସୁଦୃଢ କରିବା ଏବଂ ରପ୍ତାନୀ କେନ୍ଦ୍ର ଭାବରେ ଭାରତରେ ବିକାଶକୁ ତ୍ୱରାନ୍ୱିତ କରିବା ପାଇଁ ବାଣିଜ୍ୟ ମନ୍ତ୍ରଣାଳୟର ଡିପିଆଇଆଇଟିର ପ୍ରୟାସକୁ ସମର୍ଥନ କରି ଆମେ ଆନନ୍ଦିତ । ଏହି କର୍ମାଶାଳା ଏବଂ ହ୍ୟାକାଥନ ସମସ୍ତ ଅଂଶଗ୍ରହଣକାରୀ ଅଂଶୀଦାରଙ୍କୁ ସରକାରଙ୍କ ଏହି ଲକ୍ଷ୍ୟ ହାସଲ ପାଇଁ ସୁଯୋଗ ଚିହ୍ନଟ କରିବାରେ ସାହାର୍ଯ୍ୟ କରିବ ।

## ଜିଲ୍ଲାପାଳଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା

କେନ୍ଦ୍ରାପଡ଼ା,(ପି.ଏନ): ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୁର ବିକାଶଙ୍କୁ ଆଜି ବିଦାୟକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି । ଜିଲ୍ଲା ପ୍ରଶାସନିକ ଅଧିକାରୀ ଓ କଲେକ୍ଟୋରେଟ ଷ୍ଟଫ କମିଟି ପକ୍ଷରୁ ଜିଲ୍ଲାପାଳଙ୍କ ସଦ୍‌ଭାବନା ସଭାଗୃହରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ନିଲୁ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବିଦାୟକାଳୀନ ସମ୍ବର୍ଦ୍ଧନା ସଭାରେ ଜିଲ୍ଲା ସ୍ତରୀୟ ଅଧିକାରୀ ଓ ଷ୍ଟାଫ କମିଟିର ସଦସ୍ୟମାନେ ଯୋଗଦେଇ ଜିଲ୍ଲାପାଳଙ୍କ ସ୍ୱଳ୍ପ କାର୍ଯ୍ୟକାଳ ସମୟର ମଧୁର ସ୍ମୃତିଚାରଣ କରିବା ସହ ବିକାଶ ମୂଳକ କାର୍ଯ୍ୟର ଅଗ୍ରଗତି ପାଇଁ ଜିଲ୍ଲାପାଳ ଅଗ୍ରଣୀ ଭୂମିକା ଗ୍ରହଣ କରିଥିଲେ ବୋଲି ଅଧିକାରୀମାନେ ମତବ୍ୟକ୍ତ କରିଥିଲେ । ୨୦୧୮ବ୍ୟାଚର ଓଡିଶା କ୍ୟାଡରର ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ଶ୍ରୀ ମୟୁର ବିକାଶ ସମ୍ବଲପୁରର ଉପଜିଲ୍ଲାପାଳ ପରେ ଭୁବନେଶ୍ୱର ମହାନଗର ନିଗମର ଅତିରିକ୍ତ କମିଶନର ଭାବେ କାର୍ଯ୍ୟ କରିଥିବା ବେଳେ ଜିଲ୍ଲାପାଳ ଭାବେ କେନ୍ଦ୍ରାପଡାରେ କାର୍ଯ୍ୟ କରି ଲୋକପ୍ରିୟତା ଅର୍ଜନ କରିଥିଲେ । ସେ ଏବେ ବାଲେଶ୍ୱର ଜିଲ୍ଲାପାଳ ଭାବେ ଯୋଗଦାନ କରିବେ । ଶ୍ରୀ ମୟୁର ବିକାଶ ଗତ ୨୦୨୩ମସିହା ଜାନୁଆରୀମାସ ୩୦ତାରିଖରେ ଏଠାରେ ଜିଲ୍ଲାପାଳ ଭାବେ ଯୋଗଦେଇଥିଲେ । ବିଦାୟକାଳୀନ ସମ୍ବର୍ଦ୍ଧନା ସଭାରେ ଉପଜିଲ୍ଲାପାଳ ରବିନ୍ଦ୍ର କୁମାର ପ୍ରଧାନ, ଡେପୁଟୀ କଲେକ୍ଟର, ଜିଲ୍ଲାସ୍ତରୀୟ ଅଧିକାରୀ, ସମସ୍ତ ବିଡିଓ, ତହସିଲଦାର, ଷ୍ଟଫ କମିଟିର କର୍ମକ ୍ରା, ସଦସ୍ୟ, ଭାରପ୍ରାପ୍ତ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଅଶୋକ ବଳିଆରସିଂହ ପ୍ରମୁଖ ଉପସ୍ଥିତ ଥିଲେ । ବିଦାୟୀ ଜିଲ୍ଲାପାଳ ସମସ୍ତ ଅଧିକାରୀ ଓ କର୍ମଚାରୀଙ୍କ କ ର୍ବ୍ୟ ପରାୟଣତା ଓ ସହଯୋଗ ପାଇଁ ଧନ୍ୟବାଦ ଜଣାଇବା ସହ ସମସ୍ତେ ତାଙ୍କ ଚିନ୍ତା ଓ ଚେତନାରେ ରହିବେ ବୋଲି ମତ ପ୍ରକାଶ କରିଥିଲେ ।

## ତାପମାତ୍ରା ଓ ପରିବେଶ ସୁରକ୍ଷା ପାଇଁ ଗୁରାଣ୍ଡିରେ ଯୁବଗୋଷ୍ଠୀଙ୍କ ଚାରାରୋପଣ

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲା ଗୋଷାଣି ବ୍ଲକର ଗ୍ରାମାଞ୍ଚଳରେ ଗୁରାଣ୍ଡି ଗ୍ରାମର ଯୁବ ଗୋଷ୍ଠୀଙ୍କ ଦ୍ୱାରା ଚାରାରୋପଣ କରାଯାଇଛି । ଉତ୍ତାପ ବୃଦ୍ଧି ପରିବେଶର ସୁରକ୍ଷା ପାଇଁ ଏହି ଯୁବଗୋଷ୍ଠୀ ଗୁରାଣ୍ଡି ଗ୍ରାମାଞ୍ଚଳର ବିଭିନ୍ନ ସ୍ଥାନର ଚାଷ ଜମି ହିଡ, ପୋଖରୀ ନିକଟ, ଖାଲି ପଡ଼ିଆରେ ଚାରାରୋପଣ କରିଥିଲେ ଓ ବୃକ୍ଷଲତା ହାନୀ ଯୋଗୁଁ ଦିନକୁ ଦିନ ବଢୁଥିବା ତାପମାତ୍ରା, ଜଳବାୟୁରେ ପରିବର୍ତ୍ତନ, ଅଭାବୀ ବର୍ଷା, ପରିବେଶ ପ୍ରଦୂଷଣ ଆଦି ବିଶେଷ ଭାବେ ବୃଦ୍ଧି ପାଉଛି । ଧରାପୃଷ୍ଠରକୁ ସୁରକ୍ଷା ଦେବାକୁ ହେଲେ ବୃକ୍ଷ ହିଁ ଏକ ମାତ୍ର ବିକଳ୍ପ ବୋଲି ହୃଦବୋଧ କରି ଏହି ଯୁବ ଗୋଷ୍ଠୀ ନିଜସ୍ୱ ଉଦ୍ୟମରେ ଗଛ ଲଗାଇବା ସହ ଗଛକୁ ବଞ୍ଚାଇବା ପାଇଁ ଉଦ୍ୟମ ଜାରି ରଖିଛନ୍ତି ଓ ଯେଉଁ ସ୍ଥାନରେ ଚାରାରୋପଣ କରିଛନ୍ତି ତାର ସୁରକ୍ଷା ଦାୟିତ୍ୱ ଠାରୁ ଆରମ୍ଭ କରି ଗଛ ବଡ ହେବା ପର୍ଯ୍ୟନ୍ତ କାମ କରିବୁ ବୋଲି ଯୁବଗୋଷ୍ଠୀ ସଦସ୍ୟ କେ.



ଆଦିନାରାୟଣା, ଏନ୍ ଭେଙ୍କଟରାଓ, ଲଳିତ କୁମାର ରାଉତ, ମହେନ୍ଦ୍ର ପାତ୍ର, ଏସ୍. ମୋହନ ରାଓ, ଜି. ରାଜେଶ, ସୁଶାନ୍ତ କୁମାର ସାମଲ, ରୋହିତ କୁମାର ନାୟକ, ଡି ହେମାଞ୍ଜଳମ୍, ସନ୍ତୋଷ କୁମାର ବେହେରା, ରାଜୁ ପଣ୍ଡା, ତୁଳସୀ କିଶୋର, ଡି. ପ୍ରଦୀପ, ଟି. ରମେଶ ଓ ଏନ୍. ଜଗଦୀଶ ପ୍ରମୁଖ କହିଛନ୍ତି ।







Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray